୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

Vol.26 . No.238 Bhubaneswar Saturday November 02 2024 | ୨୬ତମ ବର୍ଷ ସଂଖ୍ୟା-୨୩୮ ଭୁବନେଶ୍ୱର, ଶନିବାର, ନଭେମ୍ବର ୦୨, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹1.50 | (Air Surcharge - 0.50P) | Member-INS

## ଅସିତ୍ ଓ ପାଣ୍ଡିଆନଙ୍କ ପିଏସଓ ପ୍ରତ୍ୟାହୃତ, ଛୁଟିରେ ପଳାଇଲେ ଲୋକସେବା ଭବନ ସୁରକ୍ଷା ଅଫିସର

ଭୁବନେଶ୍ୱର,୧।୧୧(ପି.ଏନ): ଆକ୍ସନମୋଡରେ ମୋହନ ମାଝୀ ସରକାର । ଖବର ପ୍ରକାଶନର ୨୪ଘଣ୍ଟା ନପୁରୁଣୁ ବିଜେଡିର ଅଘୋଷିତ ସର୍ବ ?ସର୍ବା ଭିକେ ପାଣ୍ଡିଆନ ଓ ପୂର୍ବତନ ମୁଖ୍ୟ ସଚିବ ଅସିତ୍ କୁମାର ତ୍ରିପାଠୀଙ୍କ ବ୍ୟକ୍ତିଗତ ସୁରକ୍ଷା ଅଧିକାରୀ (ପିଏସଓ)ଙ୍କୁ ରାଜ୍ୟ ସରକାର ହଟାଇ ଦେଇଛନ୍ତି । ଏହାସହିତ ସରକାରଙ୍କ କଡା ଆଭିମୁଖ୍ୟ ଦେଖି ଲୋକସେବା ଭବନର ସୁରକ୍ଷା ଅଫିସର ଡେପୁଟି କମାଣ୍ଡାଣ୍ଟ ସୁଜିତ୍ କୁମାର ଦଳେଇ ଅଚାନକ ଛୁଟିରେ ପଳାଇଥିବା ଜଣାପଡିଛି ।ମିଳିଥିବା ସୂଚନା ଅନୁସାରେ, 'ଓଡିଶା ରିପୋର୍ଟର'ରେ ଗୁରୁବାର ରାତିରେ ପ୍ରକାଶିତ "ନବୀନଙ୍କଠୁ ବେଶୀ ସୁରକ୍ଷାକର୍ମୀ ପାଇଛନ୍ତି ଅସିତ୍ ତ୍ରିପାଠୀ, ପାଣ୍ଡିଆନ ବି ରଖିଛନ୍ତି ଦୁଇ ପିଏସଓ" ଶୀର୍ଷକ ଖବରକୁ ନେଇ ମୋହନ ମାଝୀ ସରକାର ଆକ୍ସନମୋଡକୁ ଆସିଛନ୍ତି । ଅସିତ୍ ତ୍ରିପାଠୀଙ୍କ ସୁରକ୍ଷା ଦାୟିତ୍ୱରେ ଥିବା ୩ଜଣ ସୁରକ୍ଷାକର୍ମୀଙ୍କ ମଧ୍ୟରୁ ୨ଜଣ ଓ ପାଣ୍ଡିଆନଙ୍କ ସୁରକ୍ଷାରେ ଥିବା ୨ଜଣଙ୍କ ମଧ୍ୟରୁ ଜଣଙ୍କୁ ତତ୍କାଳ ପ୍ରଭାବରୁ ପ୍ରତ୍ୟାହାର କରିନିଆଯାଇଛି । ଅସିତ୍ ଓ ପାଣ୍ଡିଆନଙ୍କଠୁ ବାକି ଥିବା ଜଣେ ଲେଖାଏଁ ସୁରକ୍ଷାକର୍ମୀ ୨-୩ଦିନ ମଧ୍ୟରେ କାଢ଼ି ଅଣାଯିବ ବୋଲି ଜଣାପଡିଛି । ଗତ ଅଗଷ୍ଟ ୧୭ତାରିଖରୁ ପଶ୍ଚିମଓଡିଶ ବିକାଶ ପରିଷଦର ଅଧକ୍ଷ ପଦବୀରୁ ଇସ୍ତଫା ଦେଇଥିବା ଅସିତ୍ଙ୍କ ସୁରକ୍ଷା ଦାୟିତ୍ୱରେ ୩ଜଣ ଯବାନ ମୁତୟନ ହୋଇଥିଲେ । କିନ୍ତୁ ସରକାରୀ ପଦପଦବୀରେ ନଥାଇ ମଧ ଅସିତଙ୍କୁ କାହିଁକି ଏଭଳି ସୁରକ୍ଷା ଦିଆଯାଉଛି ତାକୁ ନେଇ 'ଓଡିଶା ରିପୋର୍ଟର' ଗତକାଲି ଏକ ରିପୋର୍ଟ ପ୍ରକାଶ କରିଥିଲା । ଏହି ଖବର ପ୍ରକାଶନ ପରେ ଅସିତଙ୍କ ସୁରକ୍ଷା ଦାୟିତ୍ୱରେ ଥିବା କମିଶନରେଟ ପୁଲିସର ଯବାନ ଦୀପ ପ୍ରଧାନ (ସିପାହୀ-୫୪୦) ଓ ଜେ.ନାୟକ (ସିପାହୀ-୫୪୫)ଙ୍କୁ ଆଜି ଦିନ ୧୧ଟା ବେଳେ ପ୍ରତ୍ୟାହାର କରି ଅଣାଯାଇଛି । ଅସିତଙ୍କ ପିଏସଓ ଥିବା ସ୍ପେଶାଲ ସିକ୍ୟୁରିଟି ବାଟାଲିୟନ (ଏସଏସବି)ର ଯବାନ ଚନ୍ଦନ କୁମାର ପୁହାଣଙ୍କୁ ମଧ ଫେରାଇ ଆଣିବାକୁ ପ୍ରକ୍ରିୟା ଆରମ୍ଭ ହୋଇଥିବା ଜଣାପଡିଛି । ଶ୍ରୀ ତ୍ରିପାଠୀ ଏବେ କୌଣସି ସରକାରୀ ପଦପଦବୀରେ ନଥିଲେ ମଧ ସରକାରୀ ବଙ୍ଗଳାରେ ରହୁଛନ୍ତି ।





## ରତ୍ନଭଣ୍ଡାରରେ କୌଣସି ଗୁପ୍ତ କୋଠରୀ କିମ୍ବା ସୁଡଙ୍ଗ ନାହିଁ: ଆଇନ୍ ମନ୍ତ୍ରୀ

ଭୁବନେଶ୍ୱର,୧।୧୧(ପି.ଏନ): ରତ୍ନଭଣ୍ଡାରକୁ ନେଇ ବଡ ଖବର ସାମ୍ନାକୁ ଆସିଛି । ରତ୍ନଭଣ୍ଡାରରେ କୌଣସି ଗୁପ୍ତ କୋଠରୀ କିମ୍ବା ସୁଡଙ୍ଗ ନଥିବା ସୂଚନା ଦେଇଛନ୍ତି ଆଇନ୍ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ।'ପ୍ରାଥମିକ ଆଲୋଚନାରୁ କୌଣସି ସୁଡଙ୍ଗ କିମ୍ବା ଗୁପ୍ତ କୋଠରୀ ନଥିବା ଜଣାପଡିଛି । ଏନେଇ ଚୂଡାନ୍ତ ରିପୋର୍ଟକୁ ଆମେ ଅପେକ୍ଷା କରିଛୁ' ବୋଲି କହିଛନ୍ତି ଆଇନ୍ ମନ୍ତ୍ରୀ । ରତ୍ନଭଣ୍ଡାରରେ ଫାଟ ରହିଛି କିନ୍ତୁ ଏବେ କାର୍ତ୍ତିକ ମାସ ପାଇଁ ରତ୍ନଭଣ୍ଡାର ମରାମତି କାମ ସମ୍ଭବପର ନୁହେଁ । କାର୍ତ୍ତିକ ପୂର୍ଣ୍ଣିମା ପରେ ମରାମତି କାର୍ଯ୍ୟ ହେବ । ତେବେ ନୂଆବର୍ଷରୁ ପୁଣି ଥରେ ରତ୍ନଭଣ୍ଡାରର ଗଣତି ମଣତି ହେବ ବୋଲି କହିଛନ୍ତି ଶ୍ରୀ ହରିଚନ୍ଦନ । ରତ୍ନଭଣ୍ଡାରରେ କୌଣସି ଗୁପ୍ତ କୋଠରୀ କିମ୍ବା ସୁଡଙ୍ଗ ନଥିବା ଜିପିଆର ସର୍ଭ ? ପରେ ତଥ୍ୟରୁ ସ୍ପଷ୍ଟ ହୋଇଛି ।



## ବଢ଼ିଲା ଏଲ୍‌ପିଜି ଦର; ଆହୁରି ୬୨ ଟଙ୍କା ଅଧିକରେ କିଣିବେ ଗ୍ରାହକ

ନୂଆଦିଲ୍ଲୀ,୧।୧୧(ପି.ଏନ): ଦୀପାବଳି ପରେ ପରେ ଲୋକଙ୍କୁ ଲାଗିଛି ବଡ ଧରଣର ଝଟ୍‌କା। ଆଜିଠାରୁ ଏଲ୍‌ପିଜି ଗ୍ୟାସ୍‌ର ଦର ୬୨ ଟଙ୍କା ବୃଦ୍ଧି ପାଇଛି। ତେଲ କମ୍ପାନି ୧୯ କିଲୋର ବାଣିଜ୍ୟିକ ସିଲିଣ୍ଡର୍ ଉପରେ ଏଲ୍‌ପିଜି ଦର ବୃଦ୍ଧି କରିଥିବା ସୂଚନା ରହିଛି। ତେବେ ୧୪.୨ କିଲୋର ଘରେଇ ଗ୍ୟାସ୍ ଦରରେ କୌଣସି ପରିବର୍ତ୍ତନ ହୋଇନାହିଁ। ଅର୍ଥାତ ଘରେ ରନ୍ଧା ଯାଉଥିବା ଏଲ୍‌ପିଜି ଦରରେ କୌଣସି ପରିବର୍ତ୍ତନ ହୋଇନାହିଁ। ଆଇଓସିଏଲ୍‌ୱେବ୍‌ସାଇଟ୍ ମୁତାବକ, ଆଜିଠାରୁ ହିଁ ଏହି ବର୍ଦ୍ଧିତ ଦର ଲାଗୁ ହୋଇଛି। ପ୍ରତ୍ୟେକ ମାସର ପ୍ରଥମ ତାରିଖରେ ହିଁ ଏଲ୍‌ପିଜି ସିଲିଣ୍ଡର୍‌ର ଦର ସ୍ଥିର ହୋଇଥାଏ। କମ୍ପାନି ନିଜର ଖର୍ଚ୍ଚ ଓ ମହଙ୍ଗାକୁ ଦୃଷ୍ଟିରେ ରଖି ଏହି ଦର ସ୍ଥିର କରିଥାନ୍ତି।ଏହି ଦର ବଢ଼ିବା ପରେ ଦିଲ୍ଲୀରେ ସିଲିଣ୍ଡର୍ ଦର ୧୭୪୦ରୁ ବଢ଼ିକରି ୧୮୦୨ରେ ପହଞ୍ଚିଛି। ସେହିପରି କୋଲକାତାରେ ସିଲିଣ୍ଡର୍‌ର ଦର ୧୮୫୦.୫୦ରୁ ବୃଦ୍ଧି ପାଇ ୧୯୧୧.୫୦ ଟଙ୍କା ହୋଇଛି।

## ବରିଷ୍ଠ ବିଜେପି ନେତା ସମୀର ଦେ ଡାକ୍ତରଖାନାରେ ଭର୍ତ୍ତି



ଭୁବନେଶ୍ୱର,୧।୧୧(ପି.ଏନ): ବରିଷ୍ଠ ବିଜେପି ନେତା ତଥା ପୂର୍ବତନ ମନ୍ତ୍ରୀ ସମୀର ଦେ ଅସୁସ୍ଥ ଅଛନ୍ତି। ତାଙ୍କୁ କଟକର ସିଡିଏ ସ୍ଥିତ ଏକ ଘରୋଇ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ତାଙ୍କୁ ଆଇସିୟୁରେ ରଖାଯାଇଥିବା ସୂଚନା ମିଳିଛି।

## ଦୁଇ ଶିଶୁଙ୍କୁ ବଳି ଅଭିଯୋଗ, ମନ୍ଦିର ନିକଟରୁ ଶବ ଉଦ୍ଧାର

ଲକ୍ଷ୍ନୌ,୧।୧୧୯ପି.ଏନ): ଉତ୍ତରପ୍ରଦେଶରେ ୨ ଶିଶୁଙ୍କୁ ବଳି ସନ୍ଦେହ । ଦେବବନ୍ଦରେ ୨ ଜଣ ଶିଶୁଙ୍କ ଶବଠାବ ହେବା ପରେ ଘଟଣାକୁ ନେଇ ତୀବ୍ର ଉତ୍ତେଜନା । ଶହ ଶହ ଲୋକଙ୍କ ବିକ୍ଷୋଭ । ପରିବାର ଲୋକେ କହିଲେ, ତନ୍ତ୍ର ସାଧନା ପାଇଁ ପିଲାଙ୍କୁ ଦିଆଯାଇଛି ବଳି ।ଦେବବନ୍ଦ ଅନ୍ତର୍ଗତ ଭାୟଲ ଗ୍ରାମରେ ୧୧ ବର୍ଷ ବୟସ୍କ ଦେବ ଓ ୯ ବର୍ଷ ବୟସ୍କ ମାହୀଙ୍କ ଶବ ସ୍ଥାନୀୟ ଏକ ମନ୍ଦିର ନିକଟରୁ ମିଳିବା ପରେ ତନ୍ତ୍ର ସାଧନା କାରଣରୁ ସେମାନଙ୍କୁ ବଳି ଦିଆଯାଇଥିବା ଅଭିଯୋଗ ହୋଇଛି । ଗତକାଲି ଦୁଇ ଶିଶୁ ବିଳମ୍ବିତ ରାତି ପର୍ଯ୍ୟନ୍ତ ଘରକୁ ଫେରି ନଥିଲେ । ବହୁ ଖୋଜାଖୋଜି କରିବା ପରେ ମନ୍ଦିର ନିକଟରୁ ସେମାନଙ୍କ ପରିବାର ଲୋକେ ସେମାନଙ୍କ ମୃତଦେହ ଦେଖିବାକୁ ପାଇଥିଲେ ।ଦୁଇ ଶିଶୁଙ୍କ ହାଡ ଭାଙ୍ଗିଥିବାରୁ ଦୁର୍ଘଟଣାରେ ସେମାନଙ୍କ ମୃତ୍ୟୁ ଘଟିଥିବା ପୋଲିସ ସନ୍ଦେହ କରିଛି । ଘଟଣାର ଯାଞ୍ଚ କରୁଛନ୍ତି ଏସପି ସାଗର ଜୈନ ।

## ଦୁଇ ପ୍ରବାସୀ ଶ୍ରମିକଙ୍କୁ ଗୁଳି ମାରିଲେ ଆତଙ୍କବାଦୀ



ଭୁବନେଶ୍ୱର,୧।୧୧(ପି.ଏନ): ଦୀପାବଳି ପରେ ପରେ ଜମ୍ମୁ-କାଶ୍ମୀରରେ ପୁଣିଥରେ ଆତଙ୍କବାଦୀଙ୍କ ବର୍ବରତା ଦେଖିବାକୁ ମିଳିଛି। ଆତଙ୍କବାଦୀମାନେ ବଡଗାମରେ ଦୁଇଜଣ ପ୍ରବାସୀ ଶ୍ରମିକଙ୍କୁ ଗୁଳି କରିଛନ୍ତି। ଶେଷ ଖବର ଅନୁଯାୟୀ ଉଭୟଙ୍କୁ ଗୁରୁତର ଅବସ୍ଥାରେ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ଆହତଙ୍କ ନାମ ଉସମାନ ଏବଂ ସଞ୍ଜୟ, ଉଭୟ ଉତ୍ତରପ୍ରଦେଶର ବୋଲି ଜଣାପଡ଼ିଛି। ଦୁହେଁ ଜଳ ଜୀବନ ମିଶନ ଅଧୀନରେ ଚାଲିଥିବା ଏକ ପ୍ରୋଜେକ୍ଟରେ ଶ୍ରମିକ ଭାବେ କାମ କରୁଥିଲେ।ଗତ ଦୁଇ ସପ୍ତାହ ମଧ୍ୟରେ କାଶ୍ମୀର ଉପତ୍ୟକାରେ ପ୍ରବାସୀ ଶ୍ରମିକଙ୍କ ଉପରେ ଏହା ଚତୁର୍ଥ ଆତଙ୍କୀ ଆକ୍ରମଣ। ଅକ୍ଟୋବର ୨୦ରେ ଗନ୍ଦେରବାଲସ୍ଥିତ ସୋନାମାର୍ଗ ଅଞ୍ଚଳରେ ଏକ ଟନ୍‌ନେଲ କାର୍ଯ୍ୟ ଚାଲିଥିବା ସମୟରେ ଆକ୍ରମଣ କରିଥିଲେ ଆତଙ୍କବାଦୀ। ଆଖିବୁଜା ଗୁଳିମାଡ଼ରେ ସାତ ଜଣଙ୍କର ମୃତ୍ୟୁ ଘଟିଥିଲା। ଏଥିରେ ଜଣେ ଡାକ୍ତରଙ୍କ ସମେତ ଛଅ ଜଣ ପ୍ରବାସୀ ଶ୍ରମିକ ପ୍ରାଣ ହରାଇଥିଲେ। ପାକିସ୍ତାନର ଲଶ୍କର-ଏ-ତୋଏବା ଏହି ଘଟଣା ଘଟାଇଥିବା ଦାବି କରିଥିଲା। ଏହି ଆକ୍ରମଣରେ ସଂପୃକ୍ତ ଥିବା ଦୁଇ ଆତଙ୍କବାଦୀଙ୍କ ମଧ୍ୟରୁ ଜଣେ ଦକ୍ଷିଣ କାଶ୍ମୀର ଅଞ୍ଚଳର ବୋଲି ଜଣାପଡ଼ିଥିବାବେଳେ ଅନ୍ୟ ଜଣେ ପାକିସ୍ତାନରୁ ଆସିଥିବା କୁହାଯାଉଛି।

## ସୁଭଦ୍ରା ଯୋଜନା ନେଇ ଉପମୁଖ୍ୟମନ୍ତ୍ରୀଙ୍କ ବଡ ସୂଚନା; ଆଜି ଆସିବ ଗାଇଡଲାଇନ୍, ଏହି ଦିନ ଆସିବ ଟଙ୍କା




ଭୁବନେଶ୍ୱର,୧।୧୧(ପି.ଏନ): ସୁଭଦ୍ରା ଯୋଜନାକୁ ନେଇ ନୂଆ ଅପଡେଟ୍ ସାମ୍ନାକୁ ଆସିଛି । ବଡ ଘୋଷଣା କରିଛନ୍ତି ଉପମୁଖ୍ୟମନ୍ତ୍ରୀ ପ୍ରଭାତି ପରିଡା । ଆଜି ସୁଭଦ୍ରାକୁ ନେଇ ଆସିବ ନୂଆ ଗାଇଡଲାଇନ୍ । ଦିନ ୩ଟାରେ ବୈଠକ ବସିବା ନେଇ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା ସୂଚନା ଦେଇଛନ୍ତି । ରିଜେକ୍ଟ ଲିଷ୍ଟ ଉପରେ ଆଜି ଆଲୋଚନା ହୋଇପାରେ । ସୁଭଦ୍ରାରେ ଯୋଜନାରେ ବର୍ତ୍ତମାନ ସୁଦ୍ଧା ୨ ଲକ୍ଷ ୬୭ ହଜାର ଆବେଦନ ଖାରଜ ହୋଇଛି । ତେବେ ଏହି ଖାରଜ ଲିଷ୍ଟ ଉପରେ ଆଜିର ବୈଠକରେ ଆଲୋଚନା ହୋଇପାରେ ବୋଲି ସେ କହିଛନ୍ତି ।ତେବେ ଖୁବଶୀଘ୍ର ସୁଭଦ୍ରା ଟଙ୍କା ଆସିବା ନେଇ ମନ୍ତ୍ରୀ ସୂଚନା ଦେଇଛନ୍ତି । ପ୍ରଭାତି ପରିଡାଙ୍କ କହିବା ଅନୁସାରେ, "ଅତିଶୀଘ୍ର ସୁଭଦ୍ରାର ପ୍ରଥମ କିସ୍ତିର ତୃତୀୟ ଦଫା ଟଙ୍କା ମିଳିବ । ଯେଉଁମାନେ ଟଙ୍କା ପାଇନାହାନ୍ତି ସେମାନଙ୍କୁ ପାଇଁ ଆଜି ଗାଇଡଲାଇନ ଆସିବ । ବାଦ ପଡିଥିବା ୨ ଲକ୍ଷ ୬୭ ହଜାର ମହିଳାଙ୍କ ପାଇଁ ମୋଡାଲିଟି ପ୍ରସ୍ତୁତ ହେବ । ଆଜି ଅପରାହ୍ନରେ ବୈଠକ ବସି ରୂପରେଖ ପ୍ରସ୍ତୁତ ହେବ ।"

## ମଧ୍ୟାହ୍ନ ଭୋଜନରେ ଖାଲି ଭାତ, ତରକାରି ମାଗିବାରୁ ଶିକ୍ଷୟିତ୍ରୀ କହିଲେ ଲୁଣ ଓ ଲଙ୍କା ଲଗାଇ ଖାଅ

ଭୁବନେଶ୍ୱର,୧।୧୧(ପି.ଏନ): ଛାତ୍ରଛାତ୍ରୀଙ୍କୁ ମଧ୍ୟାହ୍ନ ଭୋଜନରେ ଦିଆଯାଉଛି ଭାତ ସହ କେବଳ ଲୁଣ, ଲଙ୍କା। ଏଭଳି ଅଭାବନୀୟ ସ୍ଥିତି ଦେଖିବାକୁ ମିଳିଛି ଯାଜପୁର ଜିଲ୍ଲା ଦାନଗଦି ବ୍ଲକ ଟୋଲକାନି ଅଞ୍ଚଳର ଝାଡେଶ୍ୱର ସରକାରୀ ଉଚ୍ଚ ବିଦ୍ୟାଳୟରେ। ଆଜି ମଧ୍ୟାହ୍ନ ଭୋଜନରେ ପ୍ରଥମରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ଛାତ୍ରଛାତ୍ରୀମାନଙ୍କୁ କେବଳ ଭାତ ଖାଇବାକୁ ଦିଆଯାଇଥିଲା। ପିଲାମାନେ ତରକାରି ମାଗିବାରୁ ଲୁଣ ଲଙ୍କା ଲଗେଇ ଖାଇବାକୁ ଜଣେ ଶିକ୍ଷୟିତ୍ରୀ କହିଥିବା ପିଲାମାନେ ଅଭିଯୋଗ କରିଛନ୍ତି।



VISION DOCUMENT 2036 | 2047

ଓଡ଼ିଶା ସରକାର

ଓଡ଼ିଶା ଭିଜନ
୨୦୩୬ ଓ ୨୦୪୭



ପ୍ରିୟ ଭାଇ ଓ ଭଉଣୀମାନେ,

ଆପଣମାନଙ୍କ ଆଶୀର୍ବାଦରେ ଗଠିତ ଲୋକଙ୍କ ସରକାର ଆମ ରାଜ୍ୟ ଗଠନର ଶତବାର୍ଷିକୀ ୨୦୩୬ ସୁଦ୍ଧା ଓଡ଼ିଶାକୁ ଏକ ଶକ୍ତିଶାଳୀ, ସମୃଦ୍ଧ ଓ ବିକଶିତ ରାଜ୍ୟରେ ପରିଣତ କରିବା ପାଇଁ ମହତ୍ୱାକାଂକ୍ଷୀ ଯାତ୍ରା ଆରମ୍ଭ କରିଛନ୍ତି ।

ସ୍ୱାଧୀନତାର ଶତବାର୍ଷିକୀ ୨୦୪୭ ସୁଦ୍ଧା ଆମ ଦେଶକୁ ବିକଶିତ ଭାରତରେ ପରିଣତ କରିବା ଲକ୍ଷ୍ୟ ସହିତ ଏହା ଜଡ଼ିତ । ଏଥିପାଇଁ ଭିଜନ ଡକ୍ୟୁମେଣ୍ଟର ପ୍ରସ୍ତୁତି ନିମନ୍ତେ ମୁଁ ଆପଣମାନଙ୍କୁ ସୁଚିନ୍ତିତ ମତାମତ ପ୍ରଦାନ କରିବାକୁ ଅନୁରୋଧ କରୁଛି ।

ଆଗାମୀ ଦିନରେ ଓଡ଼ିଶାର ସବୁବର୍ଗର ଲୋକଙ୍କ ଉନ୍ନତି ଆମର ଲକ୍ଷ୍ୟ । ସବୁ ଅଞ୍ଚଳର ଦ୍ରୁତ ବିକାଶ ଆମ ପାଇଁ ଗୁରୁତ୍ୱପୂର୍ଣ୍ଣ । ରାଜ୍ୟର ସବୁ ନାଗରିକଙ୍କୁ ମୌଳିକ ସୁବିଧା ପ୍ରଦାନ କରିବା ସହିତ ପ୍ରତ୍ୟେକ କ୍ଷେତ୍ରରେ ବ୍ୟାପକ ଉନ୍ନତି ଆଣିବା ପାଇଁ ସରକାର ଉଦ୍ୟମ ଆରମ୍ଭ କରିଛନ୍ତି । ଏକ ସମୃଦ୍ଧ ଓଡ଼ିଶା ଗଠନ ପାଇଁ ଦ୍ରୁତ ଅର୍ଥନୈତିକ ଅଭିବୃଦ୍ଧିର ଆବଶ୍ୟକତା ରହିଛି । ଏହି ବିଶାଳ ଲକ୍ଷ୍ୟ ପୂରଣ ଦିଗରେ ଆପଣମାନଙ୍କ ଅଭିନବ ଚିନ୍ତାଧାରା ଓ ସୁଚିନ୍ତିତ ମତାମତ ଖୁବ୍ ସହାୟକ ହେବ ।

ବିକଶିତ ଓଡ଼ିଶା ଗଠନ ପାଇଁ ଆପଣଙ୍କର ମୂଲ୍ୟବାନ ମତାମତ ପ୍ରଦାନ କରିବାକୁ ମୋର ଅନୁରୋଧ ।

(ମୋହନ ଚରଣ ମାଝୀ)
ମାନ୍ୟବର ମୁଖ୍ୟମନ୍ତ୍ରୀ, ଓଡ଼ିଶା

ବିକଶିତ ଭାରତ ପାଇଁ ବିକଶିତ ଓଡ଼ିଶା
ଓଡ଼ିଶାର ଭବିଷ୍ୟତ ଗଢ଼ିବାରେ ସାମିଲ ହୁଅନ୍ତୁ ।

ଓଡ଼ିଶା ଭିଜନ ୨୦୩୬ ଓ ୨୦୪୭ ପ୍ରସ୍ତୁତିରେ ଆମକୁ ସହଯୋଗ କରନ୍ତୁ ।
ଆମେ ପରସ୍ପରକୁ ସହଯୋଗର ହାତ ବଢ଼ାଇଲେ ସମସ୍ତେ ମିଳିମିଶି ଏକ ଉଜ୍ଜ୍ୱଳ, ଶକ୍ତିଶାଳୀ ଓ ସମୃଦ୍ଧ ଓଡ଼ିଶା ଗଠନ କରିପାରିବା ।
ଆସନ୍ତୁ ଆମେ ଓଡ଼ିଶା ପାଇଁ ଯେଉଁ ଭବିଷ୍ୟତର ସ୍ୱପ୍ନ ଦେଖୁଛେ, ତାହା ମିଳିମିଶି ସାକାର କରିବା ।

DADLS-45
15001/13/0255/2425

vision.odisha.gov.in | +91 6370951920 | vision@odisha.gov.in








# ଟି ଟାଇମ୍

## ଶହେ ବର୍ଷ ପରେ କନ୍ୟା ସନ୍ତାନ



ଇଂଲଣ୍ଡର ସିଲଭରଟନ ପରିବାରରେ ଦୀର୍ଘ ଶହେ ବର୍ଷ ପରେ ଏକ କନ୍ୟା ସନ୍ତାନ ଜନ୍ମ ହୋଇଛି । ଗତ ଚାରି ପିଢ଼ି ଧରି ଏହି ପରିବାରରେ କେବଳ ପୁତ୍ର ସନ୍ତାନ ଜନ୍ମ ହେଉଥିଲେ । ଉକ୍ତ ପରିବାରରେ ୧୯୧୩ଠାରୁ ବର୍ତ୍ତମାନ ପର୍ଯ୍ୟନ୍ତ ୧୬ଟି ପୁଅ ଜନ୍ମ ହୋଇଛନ୍ତି । ଦୀର୍ଘ ଦିନ ଧରି ଏହି ପରିବାର କନ୍ୟା ସନ୍ତାନକୁ ଅପେକ୍ଷା କରି ରହିଥିଲେ । ଏହା ପୂର୍ବରୁ ଉକ୍ତ ପରିବାରରେ ୧୦୧ ବର୍ଷ ତଳେ ଝିଅ ଜନ୍ମ ହୋଇଥିଲା ।

## ଟର୍ମିନେଟର୍ ବ୍ୟକ୍ତି



ନିଜେଲ ଆର୍କଲ୍ୟାଣ୍ଡ । ତାଙ୍କ ବୟସ ୫୩ ବର୍ଷ । ସେ ନିଜକୁ ପ୍ରସିଦ୍ଧ ହଲିଉଡ୍ ଫିଲ୍ମ ଟର୍ମିନେଟର୍ ଆର୍ନଲ୍ଡ ଶ୍ୱାଜର୍ଣ୍ଣେଗର ଭାବୁଛନ୍ତି । ଏହାର କାରଣ ସେ ନିଜ ହାତରେ ଏକ ବାୟୋଇଲେକ୍‌ଟ୍ରିକ୍ ପ୍ରୋସ୍ଥେଟିକ୍ ଆର୍ମ ଲଗାଇଛନ୍ତି । ହାର୍ଟ ଫୋର୍ଡଶାୟର୍‌ରେ ବାସ କରୁଥିବା ନିଜେଲ୍ କାରଖାନାରେ ହୋଇଥିବା ଏକ ଦୁର୍ଘଟଣାରେ ନିଜ ହାତ ହରାଇ ବସିଥିଲେ । ତେଣୁ ସେ ଏବେ ଗୋଟିଏ ପ୍ରୋସ୍ଥେଟିକ୍ ହାତ ଲଗାଇଥିବା ଜଣାପଡିଛି । 'ବେବୋନିକ୍ ୩' ବର୍ତ୍ତମାନର ସବୁଠାରୁ ଭଲ ବାୟୋଇଲେକ୍‌ଟ୍ରିକ୍ ହାତ । ଏହି ପ୍ରୋସ୍ଥେଟିକ୍ ଆର୍ମ ବ୍ୟକ୍ତିଙ୍କ ମାଂସପେଶୀରୁ ମିଳୁଥିବା ସଂକେତକୁ ଗ୍ରହଣ କରିଥାଏ । ଏହାର ଆଧାରରେ ଏହି ହାତ ତୁରନ୍ତ କାମ କରିବା ଆରମ୍ଭ କରିଥାଏ ଏବଂ ଯେକୌଣସି କାମକୁ ସଠିକ୍ ପରିଣାମ ଦେଇଥାଏ । ଏହି କୃତ୍ରିମ ହାତ ଏତେ ପ୍ରଭାବିତ ଯେ, ଏହା ସାହାଯ୍ୟରେ ଭଲ ହ୍ୟାଣ୍ଡ ରାଇଟିଂରେ ମଧ୍ୟ ଆପଣ ଲେଖିପାରିବେ । 'ବେବୋନିକ୍-୩'ରେ ୧୪ ପ୍ରକାରର ହ୍ୟାଣ୍ଡ ପୋଜିସନ୍ ଏବଂ ଗ୍ରିପ୍ ରହିଛି । ଏହି ହାତକୁ ପିନ୍ଧିଥିବା ବ୍ୟକ୍ତି ସେହି ସବୁ କାମ କରିପାରିବେ, ଯାହା ଜଣେ ସାଧାରଣ ବ୍ୟକ୍ତି କରିପାରେ । ଏହି କୃତ୍ରିମ ହାତଟିକୁ କାର୍ବନ୍ ଫାଇବର୍‌ରେ ତିଆରି କରାଯାଇଛି । ଏହି କୃତ୍ରିମ ହାତ ସହିତ ଗୋଟିଏ ତ୍ୱଚା ରଙ୍ଗର ଗ୍ଲୋବ୍‌ସ ମଧ୍ୟ ଦିଆଯାଇଥାଏ, ଯାହାକୁ ପିନ୍ଧିବା ଦ୍ୱାରା ଏହା ପୁରାପୁରି ଅସଲି ହାତ ଭଳି ଲାଗିବ । ହଲିଉଡ୍ ଫିଲ୍ମ ଟର୍ମିନେଟ୍‌ରେ ଆର୍ଣ୍ଣଲ୍ଡ ମଧ୍ୟ କୃତ୍ରିମ ହାତର ପ୍ରୟୋଗ କରିଥିଲେ, ତେଣୁ ନିଜେଲ୍ ମଧ୍ୟ ଏବେ ସେହି ଫିଲ୍ମରୁ ପ୍ରଭାବିତ ହୋଇ ନିଜକୁ ଟର୍ମିନେଟ୍‌ର ବ୍ୟକ୍ତି ବୋଲି କହୁଥିବା ଜଣାପଡିଛି ।

## ଚର୍ଚ୍ଚାରେ 'ହରାମ୍‌ଖୋର'



ନୱାଜଉଦ୍ଦିନ ସିଦ୍ଦିକି ଓ ଶ୍ୱେତା ତ୍ରିପାଠୀଙ୍କ ଅଭିନୀତ ଫିଲ୍ମ 'ହରାମ୍‌ଖୋର'ର ଟ୍ରେଲର ରିଲିଜ କରାଯାଇଛି । ପୂର୍ବରୁ ଫିଲ୍ମକୁ ନେଇ କିଛି ସମସ୍ୟା ଦେଖାଦେଇଥିଲା । ମାତ୍ର ଫିଲ୍ମଟି ସମାଜକୁ ଏକ ସୁନ୍ଦର ବାର୍ତ୍ତା ପ୍ରଦାନ କରୁଥିବାରୁ ଏହାର ବ୍ୟାନକୁ ହଟାଇଦିଆଯାଇଛି । ଗୁଜୁରାଟର ଏକ ଛୋଟ ଗାଁରେ ସୁଟିଂ କରାଯାଇଛି ସମ୍ପୂର୍ଣ୍ଣ ଫିଲ୍ମ । ଶ୍ଲୋକ ଶର୍ମାଙ୍କ ନିର୍ଦ୍ଦେଶନାରେ ମାତ୍ର ୧୬ଦିନରେ ଶେଷ ହୋଇଛି ପୂରା ଫିଲ୍ମର ସୁଟିଂ । ଫିଲ୍ମର କାହାଣୀରେ ଜଣେ ୧୪ବର୍ଷର ଝିଅର ନିଜ ପ୍ରଫେସରଙ୍କ ସହ ପ୍ରେମକାହାଣୀକୁ ଦର୍ଶାଯାଇଛି । ନିଛକ ଗାଁର ଛବି ଓ ଏହାର ସଙ୍ଗୀତ ଟ୍ରେଲରଟିକୁ ଅଧିକ ଆକର୍ଷଣୀୟ କରିଛି ।

## ପୁରାଣ କାହାଣୀ

# ମୂଷାଙ୍କ ମନ୍ଦିର



ଭାରତର ରାଜସ୍ଥାନରେ ବିଭିନ୍ନ ପ୍ରକାର ଲୋକ ଦେଖିବାକୁ ମିଳୁଥିବା ବେଳେ ସେମାନଙ୍କର ପରମ୍ପରା ମଧ୍ୟ ଅଲଗା ପ୍ରକାରର ହୋଇଥାଏ । ଥାର ମରୁଭୂମି ନିକଟରେ ଦେଶନୋକେ ନାମକ ଏକ ଛୋଟ ସହର ରହିଛି । ଯେଉଁଠାରେ କରଣୀ ମାତା ମନ୍ଦିର ରହିଛି । ଏହି ମନ୍ଦିର ସେଠାରେ ଥିବା ଅନ୍ୟ ହିନ୍ଦୁ ମନ୍ଦିର ମଧ୍ୟରୁ ଗୋଟିଏ । କରଣୀ ମନ୍ଦିରକୁ ନେଇ ଲୋକମାନଙ୍କ ମନରେ ଅନେକ ଆଧ୍ୟାତ୍ମିକ ଭାବନା ରହିଛି । ମନ୍ଦିରରେ କରଣୀ ମାତାଙ୍କୁ ପୂଜା କରିବା ସହିତ ସେଠାରେ ମୂଷାମାନଙ୍କୁ ମଧ୍ୟ ପୂଜା କରାଯାଏ । ଆଶ୍ଚର୍ଯ୍ୟର କଥା ସେଠାରେ ଗୋଟିଏ ଦୁଇଟି ମୂଷା ନୁହେଁ ବରଂ ପାଖାପାଖି ୨୦ହଜାର ମୂଷା ରହନ୍ତି ସେହି ମନ୍ଦିରରେ । ସେଠାକାର ମୂଷାମାନେ କବାସ୍ ନାମରେ ପରିଚିତ । ଲୋକକଥା ଓ ପରମ୍ପରା ଅନୁସାରେ, ମୂଷାମାନଙ୍କୁ ନେଇ ଦୁଇଟି କାହାଣୀ ରହିଛି । କୁହାଯାଏ ସେଠାରେ ଜନ୍ମ ହୋଇଥିବା ସବୁ ଶିଶୁ ମୂଷା ହୋଇ ଜନ୍ମ ନେଲେ । ଦ୍ୱିତୀୟତଃ ୨୦ହଜାର ମୂଷାଙ୍କୁ ସୈନିକ ସଦୃଶ ନିୟୋଜିତ କରାଯାଇଥିଲା ।

## ଥରକେ ୧୦୦



ଚୀନ ଏବଂ ଜାପାନରେ ନିୟମିତ ରୂପେ କିଛି ନା କିଛି ଭିନ୍ନ କାରନାମା ଦେଖିବାକୁ ମିଳିଥାଏ । କିଛି ଦିନ ପୂର୍ବରୁ ଜାପାନର ଜଣେ ଯୁବତୀ ଏକ ନୂତନ କାରନାମା କରି ଚର୍ଚ୍ଚାର ପରିସରକୁ ଆସିଥିଲେ । ତାଙ୍କର ନାମ ଦିଆଯାଇଥିଲା 'ଚିଲି କିଙ୍ଗ' । କାହିଁକି ନା ଚିଲି କିଙ୍ଗ ଜଳଖିଆରେ ଖାଇଥାନ୍ତି ଅଢ଼େଇ କିଲୋ ଲଙ୍କା । ଏବେ ଆଉ ଜଣେ ଜାପାନୀ ଝିଅ ୟୁକୋ କିନୋସିତା ଥରକେ ୧୦୦ଟି ବ୍ରେଡ୍ ଖାଇ ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି । ନିଜର ଏପରି ଖାଦ୍ୟକୁ ନେଇ ସେ ଏକ ଭିଡ଼ିଓ ପ୍ରସ୍ତୁତ କରିଥିଲେ ଯାହାକୁ ସେ ୟୁ ଟ୍ୟୁବ୍‌ରେ ଅପଲୋଡ୍ କରିଥିଲେ । ବ୍ରେଡ୍ ଚ୍ୟାଲେଞ୍ଜର ନାମକ ଏହି ଭିଡିଓଟି ହେଉଛି ୬ମିନିଟ୍‌ର ଯାହା ଆଜି ପର୍ଯ୍ୟନ୍ତ ୨୦୦,୦୦୦ଥର ଦେଖାସରିଲାଣି । ଏହି ଭିଡିଓରେ ବ୍ରେଡର ୧୦ପ୍ୟାକେଟ୍ ରଖାଯାଇଥିଲା । ପ୍ରତି ପ୍ୟାକେଟ୍‌ରେ ୧୦ଟି ଲେଖାଏ ସ୍ଲାଇସ୍ ରହିଥାଏ । ଯାହାକୁ ୟୁକା ଥରକେ ଖାଇଦେଇଥାନ୍ତି । ଏହା ପୂର୍ବରୁ ୟୁକା ମେକୋନଲ୍ଡ ନାମକ ଜଣେ ଚ୍ୟାଲେଞ୍ଜର ୧୦୦ଚିକେନ୍‌କୁ ସେ ଏକାସାଥିରେ ଖାଇଯାଇଥାନ୍ତି ।

# ମା' କ୍ଷୀର ପରି ଉପକାରୀ ନଡ଼ିଆ ରସ



ଶିଶୁଟି ପାଇଁ ମା'ର କ୍ଷୀର ସ୍ୱାସ୍ଥ୍ୟକର ଏବଂ ଲାଭଦାୟକ ମଧ୍ୟ । କିନ୍ତୁ ନିକଟରେ କରାଯାଇଥିବା ଏକ ରିସର୍ଚ୍ଚରୁ ଜଣାଯାଇଛି ଯେ, ମା'ର କ୍ଷୀର ଭଳି ନଡ଼ିଆ କ୍ଷୀରରେ ମଧ୍ୟ ଅନୁରୂପ ତତ୍ତ୍ୱ ରହିଛି ଯାହା ଛୋଟ ଶିଶୁମାନଙ୍କ ପାଇଁ ଉପାଦେୟ । ଏପରି ମତ ପ୍ରକାଶ କରିଛି ନଡ଼ିଆ ବିକାଶ ବୋର୍ଡ । ନଡ଼ିଆ ରସକୁ ବ୍ୟବହାର କରି ଖାଦ୍ୟ ପ୍ରସ୍ତୁତ କରାଯାଇପାରିବ । ନଡ଼ିଆ ବିକାଶ ବୋର୍ଡର ଅଧ୍ୟକ୍ଷ ଟି.କେ. ଯୋଶ କହିଛନ୍ତି ପଶୁମାନଙ୍କର ଦୁଧରେ ଲାକ୍ଟୋଜ(ଏକ ପ୍ରକାରର ଶର୍କରା) ରହିଛି । କିନ୍ତୁ ନଡ଼ିଆ କ୍ଷୀରରେ ଲାକ୍ଟୋଜ ନଥାଏ । ମାଲେସିୟା, ଭିଏତ୍‌ନାମା ଭଳି ଦେଶରେ ଥାଇଲ୍ୟାଣ୍ଡ, ଶ୍ରୀଲଙ୍କା ଏବଂ ଶିଶୁମାନଙ୍କୁ ମା'ର ଦୁଧ ନ ମିଳିପାରିବା ସ୍ଥିତିରେ ଗାଈ ଦୁଧର ବ୍ୟବହାର ଅଧିକ ହୋଇଥାଏ । ନଡ଼ିଆ କ୍ଷୀରକୁ ପ୍ରାକୃତିକ ସ୍ୱାସ୍ଥ୍ୟ ରୂପରେ ମାନ୍ୟତା ମିଳିଛି । ରନ୍ଧା ହୋଇଥିବା ନଡ଼ିଆ କୋରାରୁ ନଡ଼ିଆ କ୍ଷୀର ବାହାର କରାଯାଇଥାଏ । କେତେକ ଦେଶରେ ନଡ଼ିଆ କ୍ଷୀରକୁ ନଡ଼ିଆ ରସ ବୋଲି ମଧ୍ୟ କୁହାଯାଇଥାଏ । ନଡ଼ିଆ ବିକାଶ ବୋର୍ଡର ଅଧିକାରୀ ଏନି ଇୟାପେନ ଏବଂ ଅନିତା ଜାୟ କହିଛନ୍ତି ନଡ଼ିଆ ରସରେ କୋଲେଷ୍ଟ୍ରଲ ନାହିଁ । କିନ୍ତୁ କାର୍ବୋହାଇଡ୍ରେଟ୍ ୧୫ରୁ ୧୬ପ୍ରତିଶତଃ ପର୍ଯ୍ୟନ୍ତ ରହିଛି ।

# କୁକୁରଙ୍କୁ ଅପମାନିତ କଲେ ଜେଲ



ଥାଇଲ୍ୟାଣ୍ଡରେ ରାଜକୀୟା ନିନ୍ଦାକୁ ନେଇଁ ସେଠାରେ ଭିନ୍ନ ଭିନ୍ନ କଠୋର ଦଣ୍ଡର ବ୍ୟବସ୍ଥା ରହିଥିବାର ଦେଖିବାକୁ ମିଳିଥାଏ । ବର୍ତ୍ତମାନ ଏକ ରାଜବଂଶର ଅପମାନକୁ ନେଇଁ ଜଣେ ବ୍ୟକ୍ତିଙ୍କୁ ଜେଲ୍ ହୋଇଗଲା କାରଣ ସେ ରାଜାଙ୍କ କୁକୁରକୁ ଅପମାନି ତ କରିଥିଲେ । ଓକିଲ ପାବିନି ଚମଶ୍ରୀଙ୍କ ମତରେ ୨୭ବର୍ଷୀୟ ଥନାକୋର୍ଣ୍ଣ ସିରିପାଇବୁନ୍ ନାମକ ଜଣେ ବ୍ୟକ୍ତି ସୋସିଆଲ୍ ସାଇଟ୍ ଫେସ୍‌ବୁକ୍‌ରେ ରାଜା ଏବଂ ତାଙ୍କର କୁକୁରକୁ ନେଇଁ ଏକ ବ୍ୟଙ୍ଗାତ୍ମକ ଟିପ୍ପଣୀ ଦେଇଥିଲେ । ଫେସ୍‌ବୁକ୍‌ରେ ଛଅ ଡିସେମ୍ବରକୁ ପୋଷ୍ଟ କରାଯାଇଥିଲା ସର୍ବମୋଟ ତିନୋଟି ଫଟୋ । ଏହି ଅପଲୋଡ୍ କରାଯାଇଥିବା ଫଟୋ ମଧ୍ୟରେ ରାଜାଙ୍କର କୁକୁର ଉପରେ ବ୍ୟଙ୍ଗ କରାଯାଇଥିଲା । ଏହାପରେ ପୋଲିସ ବ୍ୟଙ୍ଗ ଟିପ୍ପଣି ଦେଇଥିବା ଉକ୍ତ ବ୍ୟକ୍ତି ଜଣଙ୍କୁ ଗିରଫ କରେଇନେଇଥିଲା । ଫେସ୍‌ବୁକ୍‌ରେ ରାଜାଙ୍କର ପରିହାସ କରିଥିବା ଫଟୋକୁ ଲାଇକ୍ କରିବା ଏବଂ ତାକୁ ସେୟାର କରିବା ଓ ଭ୍ରଷ୍ଟାଚାର ବଢେଇବା ମାମଲାରେ ଏକ ଇନ୍‌ଫୋଗ୍ରାଫ ସେୟାର କରିବା ମାମଲାରେ ରାଜଦ୍ରୋହି, ରାଜ ନିନ୍ଦା ଏବଂ କମ୍ପ୍ୟୁଟର ଅପରାଧର ମାମଲା ବି ଦାଖଲ କରାଯାଇଛି । ଏହି ମାମଲାରେ ୩୭ବର୍ଷ ପର୍ଯ୍ୟନ୍ତ ଜେଲ ହୋଇପାରେ । ଥାଇଲ୍ୟାଣ୍ଡ ସେହି ଦେଶମାନଙ୍କ ମଧ୍ୟରେ ଗଣାଯାଏ ଯେଉଁଠାରେ ରାଜ ନିନ୍ଦାକୁ ନେଇ ଆଇନ ଲାଗୁ ହୋଇଥାଏ । ରାଜା, ରାଣୀ କିମ୍ବା ତାଙ୍କର କୌଣସି ରାଜକୀୟ ମାମଲାକୁ ନେଇଁ ପ୍ରତ୍ୟେକ ମମଲାର ଦୋଷୀମାନଙ୍କୁ ୧୫ବର୍ଷର ଜେଲ୍ ଦଣ୍ଡ ଦେଶ ହେବାର ନିୟମ ରହିଥାଏ ।

# ଦୃଷ୍ଟିହୀନଙ୍କର ଆଶା ବାଡ଼ି




ଦେଖିବାରେ ଅସମର୍ଥ ଲୋକମାନଙ୍କ ପାଇଁ ଏକ ଭଲ ଖବର । ଏବେ ତୁରନ୍ତ ତାଙ୍କ ସମସ୍ୟାର ସମାଧାନ ହୋଇଯିବ । ବ୍ରିଟିଶ ବୈଜ୍ଞାନିକମାନେ ଏପରି ଏକ ଚଷମା ପ୍ରସ୍ତୁତ କରିଛନ୍ତି, ଯାହାକୁ ପରିଧାନ କରିବା ପରେ ଠିକ୍ ଭାବରେ ଦେଖାଯାଉନଥିବା ଜିନିଷ ଦେଖାଯାଇଥାଏ । ଏହି ଖାସ ଚଷମାଜକୁ ବିକସିତ କରୁଥିବା ବୈଜ୍ଞାନିକମାନେ କୁହନ୍ତି, ଏଥିରେ ଏକ ସୁକ୍ଷ୍ମ କ୍ୟାମେରା ଲାଗାଯାଇଛି, ଯାହା ସମସ୍ତ ଜିନିଷକୁ ଚିହ୍ନିପାରେ । ଯେପରି ଫ୍ରିଜ ଭିତରେ ରହିଥିବା ଜିନିଷ, ଦୋକାନରେ ରହିଥିବା ଦ୍ରବ୍ୟ ଇତ୍ୟାଦି । ଏହି କ୍ୟାମେରା ଥରେ ଗୋଟିଏ ଜିନିଷକୁ ଦେଖିବା ପରେ ତାକୁ ସେ ଧ୍ୱନୀ ସଂକେତରେ ବଦଳି ଦେଇଥାଏ । ଯାହାଦ୍ୱାରା ଚଷମା ପିନ୍ଧୁଥିବା ବ୍ୟକ୍ତି ମୋବାଇଲ୍ ଆପ୍ଲିକେଶନ ଏବଂ ଇୟରପିସ୍‌ର ସାହାଯ୍ୟରେ ଶୁଣିପାରେ । ଏହି ଚଷମା ଏତେ କାର୍ଯ୍ୟକାରୀ ଯେ, ଏହାକୁ ବ୍ୟବହାର କରୁଥିବା ବ୍ୟକ୍ତିମାନେ ସାମାନ୍ୟ ବହି ପଢ଼ିପାରିବେ । ଯଦି ଅକ୍ଷରଗୁଡ଼ିକ ଅତି ଛୋଟ ରହିଥାଏ ତେବେ ଏହି କ୍ୟାମେରାକୁ ଜୁମ୍ ଇନ୍ ବି କରାଯାଇପାରିବ । ବୈଜ୍ଞାନିକଙ୍କ କହିବାନୁସାରେ ଚଷମାରେ ଚେହେରାକୁ ଚିହ୍ନିବା ପାଇଁ ସଫ୍ଟୱେର ଲଗାଯାଇଛି । ଚଷମା ସମ୍ମୁଖକୁ ଆସୁଥିବା ସବୁ ଜିନିଷ କିମ୍ବା ବ୍ୟକ୍ତି ବିଶେଷ କିଏ ଓ ପୂର୍ବରୁ ତାଙ୍କ ସହିତ କେବେ ଦେଖା ହୋଇଥିଲା ଆଦି ସୂଚନା ଦେଇଥାଏ ଏହି ଚଷମା । ଦୃଷ୍ଟିଶକ୍ତି ଦୁର୍ବଳ ଥିବା ଲୋକମାନଙ୍କ ପାଇଁ ଏହା ବରଦାନ ସଦୃଶ । ବୈଜ୍ଞାନିକମାନଙ୍କର ଅନୁମାନ ରହିଛି କି ପାଖାପାଖି ଏକ ବର୍ଷ ପରେ ଏହି ଚଷମା ବଜାରରେ ଉପଲବ୍ଧ ହେବ ।

## ଆଜିର ଭାଗ୍ୟ


ମେଷ

ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ । ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ । ଶତ୍ରୁ ବୃଦ୍ଧି ହୋଇପରେ । ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ ।


ବୃଷ

ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ । ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ । ମହିଳାମାନେ ଅପମାନିତ ହୋଇପରନ୍ତି ।


ମିଥୁନ

ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ । ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ । ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ ।


କର୍କଟ

ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ । ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି । ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ । ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ ।


ସିଂହ

ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ । ଦାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ । ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ । ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ ।


କନ୍ୟା

ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ । କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ । ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ ।


ତୁଳା

ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ । କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ । ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ । ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ ।


ବିଛା

ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ । ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ । ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ ।


ଧନୁ

ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ । ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ । ରାଜନୀତିକ ସ୍ତରରେ ଉନ୍ନତି କରିବେ । ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ ।


ମକର

କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ । ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ । ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ । ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ ।


କୁମ୍ଭ

ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ । ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ । ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ । ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ ।


ମୀନ

ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ । ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ । କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି । ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ ।




# ଜୈବିକ କୃଷିସାରର ସମନ୍ୱିତ ପରିଚାଳନା



ପ୍ରସ୍ତୁତି- ଡ଼ି ଶୁଭମ୍
ସଂଯୋଜକ, କୃଷି ଦୁନିଆ

ଭାରତବର୍ଷ ସାରା ବିଶ୍ୱର କୃଷି କ୍ଷେତ୍ରରେ ଏକ ସ୍ୱତନ୍ତ୍ର ସ୍ଥାନ ଅକ୍ତିଆର କରିଛି, ମାତ୍ର ଏବର କୃଷିକ୍ଷେତ୍ରରେ ରାସାୟନିକ ସାରର ପ୍ରୟୋଗ ବହୁମାତ୍ରାରେ ବୃଦ୍ଧି ପାଇଅଛି । ଏହାହିଁ ଏକମାତ୍ର ବିକଳ୍ପ ରୂପେ ପରିଗଣିତ ହୋଇ ପାରିଛି । କିନ୍ତୁ ଜୈବିକ କୃଷି ସାରର ସମନ୍ୱିତ ପରିଚାଳନା କୃଷି କ୍ଷେତ୍ରରେ ଏକ ଯୁଗାନ୍ତକାରୀ ପଦକ୍ଷେପ ଅଟେ ।

**ଜୈବିକ କୃଷିସାର କ'ଣ ?**

ଜୈବିକ କୃଷିସାର ଉପଯୋଗୀ କ୍ଷୁଦ୍ର ଅଣୁଜୀବମାନଙ୍କର ସଙ୍ଗଠିତ ସମାହାର ଯାହାର ପ୍ରୟୋଗ କୃଷି ଉତ୍ପାଦନରେ ବୃଦ୍ଧି ଆଣିବା ସହ ଫସଲର ପୁଷ୍ଟିକରମାନ ବଢ଼ାଇ ଥାଏ । ରାସାୟନିକ ସାରର ବିକଳ୍ପ ଭାବେ ଜୈବିକ କୃଷି ସାର ପ୍ରମୁଖ ଭୂମିକା ଗ୍ରହଣ କରିଅଛି । ମୁଖ୍ୟତଃ- କୃଷିଜମି ମୃତ୍ତିକା ଏବଂ ମିରେ ଏହାର ପରିଚାଳନା ହୁଏ । ଯେପରି କି ନାଇଟ୍ରୋଜେନ୍ ଫିକ୍ସିଙ୍ଗ ଅଣୁଜୀବ ଫସଲକୁ ସଠିକ୍ ପରିମାଣରେ ପହଞ୍ଚାଇ ଥାଆନ୍ତି । ଫସଫରସ ଦ୍ରବଣୀୟ ଅଣୁଜୀବ ଅଦ୍ରବଣୀୟ ଫସଫେଟକୁ ଦ୍ରବଣୀୟ କରି ଫସଲ ପାଖରେ ପହଞ୍ଚାଇ ଥାଏ । ଏତଦ୍ ଭିନ୍ନ ଏହିସବୁ ଅଣୁଜୀବ କମ୍ପୋଷ୍ଟରେ ସେଲ୍ୟୁଲୋଜର ବିଘଟନ ପ୍ରକ୍ରିୟାରେ ସାହାଯ୍ୟ କରିବା ସହ ଧାନ ଜମିରେ ଖତ ଭାବରେ ବ୍ୟବହୃତ ହୁଏ ।

**ବିଭିନ୍ନ ପ୍ରକାର ଜୈବିକ କୃଷିସାର :**

୧) ରାଇଜବିଆ, ଅଜୋଟୋବ୍ୟାକ୍ଟର, ଫସଫରସ୍ ଦ୍ରବଣୀୟ ବ୍ୟାକ୍ଟେରିଆ ଯଥା- ବାସିଲସ୍, ସ୍ୟୁଡୋମନାସୀ ସମନ୍ୱିତ ପରିଚାଳନା ।

୨) ବାୟୋମାସ୍ ଉତ୍ପାଦକ ଅଣୁଜୀବ ଯଥା- ଆଜୋଲା, ରାଇଜୋବିୟମ୍ ଓ ଆଜୋଟୋବ୍ୟାକ୍ଟର ।



ଡାଲି ଜାତୀୟ ଫସଲ :

ବର୍ତ୍ତମାନ ଭାରତର ବିଭିନ୍ନ ଅନୁକୋଣରେ ଜୈବିକ ସାର ପ୍ରୟୋଗର ଭୂମିକା ବଢ଼ିବାରେ ଲାଗିଛି । ଡାଲିଜାତୀୟ ଫସଲ କ୍ଷେତ୍ରରେ ରାଇଜୋବିୟମର ପ୍ରୟୋଗ ଉତ୍ପାଦନ କ୍ଷେତ୍ରରେ ମୁଖ୍ୟ ଭୂମିକା ଗ୍ରହଣ କରିଛି । ଏହାଛଡ଼ା ଆଜୋଟୋବ୍ୟାକ୍ଟର ମଧ୍ୟ ଫସଲ ବୃଦ୍ଧିର ପ୍ରମୁଖ୍ୟ ରହସ୍ୟ ।

ଶୈବାଳର ଉପଯୋଗିତା :

ଶୈବାଳ ମୁଖ୍ୟଭାବେ ଧାନ ଫସଲ କ୍ଷେତ୍ରରେ ଉପଯୋଗ କରାଯାଏ । କାରଣ ଶୈବାଳ ନାଇଟ୍ରୋଜେନ୍ ଫିକ୍ସିଙ୍ଗ୍ ପରିମାଣ ବଢ଼ାଇ ଥାଏ । ଯାହା ଦ୍ୱାରା ନାଇଟ୍ରୋଜେନ୍ ଜନିତ ରାସାୟନିକ ସାରର ବିକଳ୍ପ ଭାବେ ଆମେ ଏହାକୁ ପ୍ରୟୋଗ କରିବା । ଏହା କରିବା ଦ୍ୱାରା ଉତ୍ପାଦନ ୧୦ ରୁ ୧୫ ଶତକଡ଼ା ଅଧିକ ହୋଇଥାଏ । (ଯଦିଓ ରାସାୟନିକ ସାର ବ୍ୟବହାର ନକରିବା) ଏକ ସର୍ଭେରୁ ଜଣା ଯାଇଛି ଏହି ଶୈବାଳ ୧୫ ରୁ ୩୫ କି.ଗ୍ରା ନାଇଟ୍ରୋଜେନ୍ / ହେକ୍ଟର ଯୋଗାଇଥାଏ ।

**ଫସ୍‌ଫରସ୍ ଦ୍ରବଣୀୟ ବ୍ୟାକ୍ଟେରିଆ:**

ବ୍ୟାକ୍ଟେରିଆ ଯଥା ବାସିଲସ୍ ଓ ବାସିଲସ୍ ଏବଂ କବକ ଯଥା ପେନସିଲିୟମ ଅଦ୍ରବଣୀୟ ଫସ୍‌ଫରସ୍‌କୁ ଦ୍ରବଣ କରି ଫସଲ ପାଖରେ ପହଞ୍ଚାଇବାର କ୍ଷମତା ଅଛି । ଯାହା ଦ୍ୱାରା ଫସଲକୁ ଫସଫରସର ଅଭାବ ପୂରଣ ହୋଇଯାଏ । ଏହା ବ୍ୟତୀତ କମ୍ପୋଷ୍ଟରେ ସେଲ୍ୟୁଲୋଜ୍ ବସ୍ତୁର ଦ୍ରୁତ ବିଘଟନ ପ୍ରକ୍ରିୟାରେ ମଧ୍ୟ ଏହା ସାହାଯ୍ୟ କରେ (୪-୧୬ ସପ୍ତାହ) ।

ଡାଲି ଜାତୀୟ ଫସଲରେ ନିମ୍ନୋକ୍ତ ବ୍ୟାକ୍ଟେରିଆର ପ୍ରୟୋଗ :

ଦିଲ୍ଲୀ- ୧୩%, କାନପୁର- ୩୮%, ବନାରସ- ୯୯%

**ଆଜୋଲା :**

ଆଜୋଲା ଏହିଭଳି ଏକ ଜଳଜାତୀୟ ଫର୍ଣ୍ଣ । ଏହା ମୁଖ୍ୟତଃ ଧାନ ଫସଲରେ ବ୍ୟବହୃତ ହୁଏ । ଆଜୋଲ, ନାଇଟ୍ରୋଜେନ୍ ଫିକ୍ସିଙ୍ଗ୍ ଆନବେନା ସହ ମିଶି ଏକ ପ୍ରମୁଖ ଜୈବିକ ସାରର ଭୂମିକା ନିଭାଇଥାଏ । ଆଜୋଲା ଧାନ ଚାରାର ଧାଡ଼ି ଧାଡ଼ିରେ ମଧ୍ୟ ବଢ଼ାଯାଇପାରେ ଏବଂ ଏହାପରେ ଏହାକୁ ନେଇ ପ୍ରୟୋଗ କରାଯାଏ । ବାୟୋମାସ୍ ଉତ୍ପାଦନ ପାଇଁ ଏହାକୁ ବ୍ୟବହାର କରାଯାଇଥାଏ । ଦ୍ରୁତ ନାଇଟ୍ରୋଜେନ୍ ଫିକ୍ସିଙ୍ଗ୍ ଭାବେ ମଧ୍ୟ ଆଜୋଲା ପିନଟା ବ୍ୟବହୃତ ହୁଏ । ଏତଦ୍‌ଭିନ୍ନ ଆଜୋସ୍ପିରିଲମ୍ ମଧ୍ୟ ବ୍ୟବହାର କରାଯାଏ । ଏହି ସବୁ ବର୍ତ୍ତମାନ ସମୟରେ ଏକ ଯୁଗାନ୍ତକାରୀ ପଦକ୍ଷେପ । କୃଷି କ୍ଷେତ୍ରରେ ଏହାର ଉପଯୋଗ ଉତ୍ପାଦନରେ ଶତଗୁଣ ବୃଦ୍ଧି କରିବା ସହ ହାନିକାରକ ହୋଇ ନଥାଏ ।





# ନଡ଼ିଆ ଗଛରେ କାଳିମୁଣ୍ଡି ପୋକ ନିୟନ୍ତ୍ରଣ



ନଡ଼ିଆ ଏକ ଅର୍ଥକାରୀ ଫସଲ ଏବଂ ନଡ଼ିଆ ଗଛ ରେ ଲାଗୁଥିବା କୀଟ ମାନଙ୍କ ମଧ୍ୟରୁ କାଳିମୁଣ୍ଡି ପୋକ ଗଛ ପାଇଁ ବିଶେଷ କ୍ଷତିକାରକ । ଏହା ଏକ ପ୍ରଜାପତି ଜାତୀୟ କୀଟ ଏବଂ ଏହାର ଲାର୍ଭା ଅବସ୍ଥା ଗଛ କୁ ପହୁଞ୍ଚାଇଥାଏ । ଏହି ଲାର୍ଭା ର ମୁଣ୍ଡ କଳା ରଙ୍ଗ ର ହେଇଥିବାରୁ ଏହାକୁ କାଳିମୁଣ୍ଡି ପୋକ କୁହାଯାଏ । ଲାର୍ଭା ଟି ଦେଖିବାକୁ ଗାଢ଼ ଧୂସର ରଙ୍ଗର ଏବଂ ଅଣ୍ଡା ରୁ ବାହାରି ଏମାନେ ସବୁଜ ପତ୍ର କୁ ଖାଇଥାନ୍ତି । ପତ୍ର କୁ ଖାଇବା ସହ ଏମାନେ ପତ୍ରରେ ସୁଡଙ୍ଗ ତିଆରି କରନ୍ତି, ସେଥିରେ ଖାଇ ମଳତ୍ୟାଗ କରନ୍ତି ଯାହା ଫଳ ରେ ପତ୍ର ର କେବଳ ମୁଖ୍ୟ ଶିରା ରହିଯାଏ କ୍ଷ ଦୂରରୁ ଦେଖିଲେ ନଡ଼ିଆ ବଗିଚ଼ା ପୋଡିଗଲା ପରି ଦେଖାଯାଏ ।

ପରିଚ଼ାଳନା:

● ଖରା ଦିନ ଆରମ୍ଭ ହେବ ପୂର୍ବରୁ ପୋକ ଦ୍ୱାରା କ୍ଷତ ପତ୍ର ଗୁଡିକୁ କାଟି ପୋଡିଦେବା ଉଚ଼ିତ ।

କ୍ଷ ଗଛ ଟି ଛୋଟ ଅବସ୍ଥା ରେ ଥିଲାବେଳେ ୪ ଲିଟର ପାଣିରେ ଡାଇକ୍ଲୋରୋଭସ୍ ୧ ମିଲି ଲିଟର ମିଶାଇ ଅକ୍ରାନ୍ତିତ ଗଛର ପତ୍ରରେ ସିଞ୍ଚନ କରିବା ଦ୍ୱାରା ହେଉଥିବା କ୍ଷତି କମ କରାଯାଇପାରିବ ।

● ବ୍ରାକନ ବ୍ରେଭିକରନିଶ ନାମକ ଭଅଁର ଜାତୀୟ ଶତ୍ରୁ ପୋକକୁ ନଡିଆ ଫସଲରେ ୭ରୁ ୧୦ ଦିନ ବ୍ୟବଧାନରେ ୩ ରୁ ୪ ଥର ପ୍ରୟୋଗ କରାଯାଏ । ଏହି ଶତ୍ରୁ ପୋକଟି କାଳିମୁଣ୍ଡି ଲାର୍ଭା ଦେହ ଭିତରେ ଅଣ୍ଡା ଦିଏ । ଅଣ୍ଡାରୁ ଛୁଆ ବାହାରି ଏହାକୁ ପୋକକୁ ଖାଇ ଦିଅନ୍ତି । ଯାହା ଫଳରେ କାଳିମୁଣ୍ଡି ପୋକର ବଂଶ ଲୋପପାଏ ଏବଂ ନଡିଆ ଗଛ ଗୁଡିକ କାଳିମୁଣ୍ଡି ପୋକର ଆକ୍ରମଣରୁ ରକ୍ଷା ପାଏ ।

ରୁଦ୍ର ପ୍ରତାପ ସୁବୁଦ୍ଧି
ସହକାରୀ ପ୍ରାଧ୍ୟାପକ,
ମିଟସ୍ , ରାୟଗଡ଼ା

# କ୍ଷାରଜଳ ଜାଲଘର ମାଛ

ଅର୍ଦ୍ଧେନ୍ଦୁ ଶେଖର ମହାନ୍ତି

ବର୍ତ୍ତମାନ ଭାରତରେ ସାମୁଦ୍ରିକ ମତ୍ସ୍ୟକୃଷି ନୀଳ ବିପ୍ଳବର ଏକ ନୂତନ ପଦକ୍ଷେପ । ଏହା ଲକ୍ଷ୍ୟ କରାଯାଇଛି ଯେ ବିଗତ ଦଶଦଶନ୍ଧି ମଧ୍ୟରେ ଲୋକମାନଙ୍କର ସ୍ୱାସ୍ଥ୍ୟକର ପୋଷଣ ଏବଂ ବୈଦେଶିକ ମୁଦ୍ରା ପାଇଁ ମାଛ ପ୍ରତି ଆଦର ଯୋଗୁଁ ସାମୁଦ୍ରିକନ୍ ମାଛର ଘରୋଇ ଚାହିଦା ଅହେତୁକ ଭାବେ ଦିନକୁ ଦିନ ବୃଦ୍ଧି ପାଇବାରେ ଲାଗିଛି । ଯାହା ଫଳରେ ସାମୁଦ୍ରିକ ମାଛର ଜୋର ମୂଲ୍ୟ ମଧ୍ୟ ବିଶେଷ ଭାବରେ ବୃଦ୍ଧି ପାଉଛି । କିନ୍ତୁ ସ୍ଥଳ ଭାଗର ଭୂମିଖନନ ଏବଂ ବହୁଳ ବ୍ୟବହାରର ସମସ୍ୟା, ତତସହିତ ପାରିପାର୍ଶ୍ୱିକ ପରିବେଶ ପ୍ରଦୂଷଣର ସମସ୍ୟା ଯୋଗୁଁ ଉପକୂଳବର୍ତ୍ତୀ ସାମୁଦ୍ରିକ ମତ୍ସ୍ୟକୃଷିର ସମ୍ପ୍ରସାରଣ ଓ ଉନ୍ନୟନ ବର୍ତ୍ତମାନ ଏକ କାଠିକର ବ୍ୟାପାର ହୋଇ ପଡ଼ିଛି । ଏଣୁ ଏ ସବୁର ସମାଧାନ ନିମନ୍ତେ ଲୋକମାନଙ୍କ ମନରେ 'ସମୁଦ୍ରାଭିମୁଖୀ' ବା 'ସମୁଦ୍ର ମୁହାଁ' ନାମକ ଏକ ଚିନ୍ତାଧାରା ଜାଗ୍ରତ ହେବା ସଙ୍ଗେ ସଙ୍ଗେ ଏହା କ୍ଷିପ୍ର ଗତିରେ ଅଗ୍ରସର ହେଉଛି, ବିଶେଷ କରି ସାମୁଦ୍ରିକ ମତ୍ସ୍ୟପାଳନ ନିମେନ୍ତ ।

କ୍ଷାରଜଳ ଜାଲଘର ମାଛଚାଷର **ଉପକାରିତା :**

୧) ପ୍ରାୟତଃ ସର୍ବାଧିକ ପ୍ରକାର ଜଳଉତ୍ସର ସମ୍ପୂର୍ଣ୍ଣ ବିନିଯୋଗ ଯେପରିକି ମୁକ୍ତ ସମୁଦ୍ର, ମୁହାଣ, ବୃହତଜଳାଶୟ, ନଦୀ, ହ୍ରଦ ଏବଂ କ୍ଷାରଜଳ ଉତ୍ସ ଇତ୍ୟାଦି ।

୨) ଗରିବ ଏବଂ ଜମିହୀନ କୃଷକ ପାଇଁ ଏହା ଏକ ଉତ୍କୃଷ୍ଟ ମାଧ୍ୟମ, କାରଣ ଏଥିପାଇଁ ଜମି କିମ୍ବା ଉତ୍ସର ଅଧିକାର ଆବଶ୍ୟକତା ନାହିଁ ।



୩) ଅନ୍ୟ ମତ୍ସ୍ୟକୃଷି ଅପେକ୍ଷା ଜାଲଘର ମାଛଚାଷରେ ମାଛ ମାନଙ୍କର ବୃଦ୍ଧି ଅପେକ୍ଷାକୃତ ଅଧିକ ହୋଇଥାଏ ।

୪) ପୋଖରୀ, ଗାଡ଼ିଆ ପରି ମାନବ୍ଧ ଜଳାଶୟ ଅପେକ୍ଷା ଜାଲଘର ମାଛ ଚାଷରେ ୧୦-୧୨ ଗୁଣା ଅଧିକ ଉତ୍ପାଦନ ହୋଇଥାଏ ।



୫) ସମସ୍ତ ପରିଚାଳନା ଅତି ସହଜ ହୋଇଥାଏ । ଯଥା- ଖାଦ୍ୟଦେବା, ଯତ୍ନ ନେବା ଏବଂ ତଦାରଖ କରିବା ଇତ୍ୟାଦି ।

୬) ବର୍ଷରେ ସର୍ବାଧିକ ଥର ଉତ୍ପାଦନ କରିହେବା ଭଳି ଏକ ସୀମିତ ସମୟ ମାଛଚାଷ ।

୭) ବନ୍ୟା ଜନିତ କ୍ଷତିର ସର୍ବନାଶ ଭୟ ।

୮) କୌଣସି ପ୍ରକାର ଜଳସ୍ତର ହ୍ରାସର ପ୍ରଶ୍ନ ନାହିଁ ।

୯) କୌଣସି ପ୍ରକାର ଭୂମି ଖଳନ କିମ୍ବା ମାଟି ସମ୍ବନ୍ଧୀୟ ତଦାରଖର ଆବଶ୍ୟକତା ନାହିଁ ।

୧୦) ଜଳ ପରିବର୍ତ୍ତନର ଆବଶ୍ୟକତା ନାହିଁ ।

୧୧) ଯେହେତୁ ଅନ୍ୟ କୃଷିକାର୍ଯ୍ୟ ଠାରୁ ଏହାର ସ୍ଥାନ ଦୂର ଏବଂ ସମ୍ପୂର୍ଣ୍ଣ ଭିନ୍ନ । ତେଣୁ ରାସାୟନିକ ପଦାର୍ଥର ପ୍ରଭାବ ଏହା ଉପରେ ନାହିଁ କହିଲେ ଚଳେ ।

୧୨) ଉପଯୁକ୍ତ ବଜାର ସ୍ଥାନ ଦେଖି ଏହାକୁ ପରିଚାଳନା କରିବା ସଙ୍ଗେ ସଙ୍ଗେ ଆମଦାନୀ ଓ ରପ୍ତାନୀର ଅସୁବିଧାକୁ ମଧ୍ୟ ଏଡ଼ାଇ ଦିଆଯାଇ ପାରିବ ।

୧୩) ଏଥିରେ ସହଜ ଏବଂ ସମ୍ପୂର୍ଣ୍ଣ ମାଛ ଉତ୍ପାଦନ ସମ୍ଭବ ।

୧୪) ଏଥିରେ ଦିଆଯାଉଥିବା ଖାଦ୍ୟର ସମ୍ପୂର୍ଣ୍ଣ ବିନିଯୋଗ ହୋଇଥାଏ ।

୧୫) ସବୁଠାରୁ ବଡ଼ କଥା ହେଲା ଏଥିରେ କମ୍ ଖର୍ଚ୍ଚରେ ସର୍ବାଧିକ ଲାଭ ହୋଇଥାଏ ।

(ରେମୁଣା , ବାଲେଶ୍ୱର,
ମୋ -୯୧୭୮୪୦୬୫୭)

# କୃଷି ପର୍ଯ୍ୟଟନ



ଅନିଲ କୁମାର ମିଶ୍ର

କୃଷି ପର୍ଯ୍ୟଟନ କୃଷି ଭିତିକ କର୍ଯ୍ୟକଳାପ ସହ ଜଡିତ ଯାହା ପରିଦର୍ଶକ ମାନଙ୍କୁ ଆକୃଷ୍ଟ କରିବା ସହିତ ଚ଼ାଷ ଜମି ର ସୌନ୍ଦର୍ଯ୍ୟ ଏବଂ ଚ଼ାଷୀ ବିଷୟରେ ଜାଣିବାର ସୁଯୋଗ ସୃଷ୍ଟି କରିଥାଏ । ଲୋକମାନେ ବର୍ତମାନ ଖାଦ୍ୟ କିପରି ଉତ୍ପାଦିତ ହୁଏ , କିପରି ପ୍ରକ୍ରିୟାକରଣ ହୁଏ ଏବଂ କିପରି ବିଭିନ୍ନ ବଜାର ରେ ପହଞ୍ଚ ? , ସେ ବିଷୟରେ ଜାଣିବା ପାଇ ଇଚ୍ଛା ପ୍ରକାଶ କରୁଛନ୍ତି । ଆମ ଓଡିଶା ସାରା ଭାରତରେ ଉଭୟ



ଘରୋଇ ଏବଂ ବିଦେଶୀ ନାଗରିକ ଙ୍କ ପାଇଁ ଏକ ଲୋକପ୍ରିୟ କୃଷି ପର୍ଯ୍ୟଟନ ର ଗନ୍ତବ୍ୟସ୍ଥଳ ।

କୃଷି ପର୍ଯ୍ୟଟନ ମାଧ୍ୟମରେ ଓଡିଶା ରେ କୃଷକ ମାନଙ୍କ ଜୀବନଶୈଳୀ, ଆମର ସଂସ୍କୃତି ଏବଂ ପାରମ୍ପାରିକ ପ୍ରଥମିକତା ବିଷୟରେ ପର୍ଯ୍ୟଟକ ମାନେ ଅବଗତ ହୋଇପାରିବେ ଏହା ଛଡା ସ୍ଥାନୀୟ କୃଷି ଜାତୀୟ ଦ୍ରବ୍ୟ ଏବଂ ବିଭିନ୍ନ କୃଷି ପ୍ରକ୍ରିୟା ସହ ସିଧାସଳଖ ଯୋଡି ହୋଇପାରିବେ । ଦେଶ ର ସବୁଠାରୁ ଅଧିକ ଧାନ ଉତ୍ପାଦନ କରୁଥିବା ରାଜ୍ୟ ମଧ୍ୟରୁ ଓଡିଶା ଅନ୍ୟତମ । ଓଡିଶା ର ଧାନ ଉତ୍ପାଦନ ଦେଶ ର ମୋଟ ଚ଼ାଉଳ ଉତ୍ପାଦନ ର ଏକ ଦଶମାଂଶ ଅଟେ । ଆମ ରାଜ୍ୟ ରେ ଚ଼ାଷୀ ଙ୍କ ଦ୍ୱାରା ଚ଼ାଷ କରାଯାଉଥିବା ମୁଖ୍ୟ ଫସଲ ଗୁଡିକ ହେଉଛି ଧାନ, ଝୋଟ, ବିଭିନ୍ନ ତୈଳଜାତୀୟ ଫସଲ, ଡାଲି ଜାତୀୟ, ମକା, ଆଖୁ, ଚ଼ା, କପା, ରବର, ମାଣ୍ଡିଆ, ରାଗି, ଆଳୁ, ବିଭିନ୍ନ ଫଳ ଏବଂ ପଣି ପନିପରିବା ଇତ୍ୟାଦି । ଓଡିଶା ରେ ବିଭିନ୍ନ ଋତୁ ରେ ବିଭିନ୍ନ ଫସଲ ଚ଼ାଷ କରାଯାଇଥାଏ । ଏହା ସହିତ ଉପକୂଳବର୍ତ୍ତୀ ଜିଲ୍ଲା ମାନଙ୍କ ରେ ବିଭିନ୍ନ ପ୍ରଜାତି ର ମାଛ ,ଚ଼ିଙ୍ଗୁଡି ଏବଂ କଙ୍କଡା ଚ଼ାଷ କରାଯାଇଥାଏ । ପଶୁପାଳନ ଏବଂ କ୍ଷୀର ଉତ୍ପାଦନ ରେ ମଧ୍ୟ ଓଡିଶା ବହୁତ ଆଗରେ ।

କୃଷି ପର୍ଯ୍ୟଟନ ମାଧ୍ୟମରେ ପରିଦର୍ଶକ ମାନେ ଶସ୍ୟ ପର୍ଯ୍ୟଟନ , ପନିପରିବା ପର୍ଯ୍ୟଟନ , ଫଳ ପର୍ଯ୍ୟଟନ , ପଶୁପାଳନ ପର୍ଯ୍ୟଟନ ଏବଂ ମଛାଚ଼ାଷ ପର୍ଯ୍ୟଟନ ସ୍ଥଳ ବୁଲି ଦେଖି ପାରିବେ ।

କୃଷି ପର୍ଯ୍ୟଟନ କୃଷି , କୃଷକ , ଜନସାଧାରଣ ଏବଂ ସ୍ଥାନୀୟ ସମ୍ପ୍ରଦାୟ ପାଇଁ ଲାଭବାନ ସୂତ୍ର ।

❖ ଚ଼ାଷୀ ମାନେ ପ୍ରତ୍ୟକ୍ଷ ଭାବେ ନିଜ ଉତ୍ପାଦନ ର ବିପଣନ କରିପାରିବେ । କୃଷି ପର୍ଯ୍ୟଟନ ଚ଼ାଷୀ ଙ୍କୁ ମୂଲ୍ୟ ନିର୍ବାହକାରୀ ପରିବର୍ତ୍ତ ? ମୂଲ୍ୟ ନିର୍ମାତା ଭାବରେ ରୂପାନ୍ତର କରିପାରିବ ।

❖ କୃଷି ପର୍ଯ୍ୟଟନ କୃଷକ ପାଇଁ ଆୟର ଏକ ଅତିରିକ୍ତ ସହାୟକ ସ୍ରୋତ ହୋଇପାରିବ ଏବଂ ସେଇ ପୂର୍ବ ଜମି ଆଧାର ରେ ଚ଼ାଷୀ ଅଧିକ ଲାଭବାନ ହୋଇପାରିବ ।

❖ କୃଷି ପର୍ଯ୍ୟଟନ ସ୍ଥଳ ପାଇଁ ଆକର୍ଷିତ ହୋଇଥିବା ପରିଦର୍ଶକ ମାନେ ପୁରୁଣା କୃଷି ଦ୍ରବ୍ୟ କିଣିବା ପାଇଁ ମଧ୍ୟ ଆଗ୍ରହ ପ୍ରକାଶ କରିବେ ।

❖ ଫସଲ ଉତ୍ପାଦନ ସମୟ ଛଡା ମଧ୍ୟ ଟିକିଏ ଚ଼ତୁରତା ସହିତ ଚ଼ାଷୀ ବର୍ଷ ତମାମ ଅର୍ଥ ଉପାର୍ଜନ କରିପାରିବ ।

❖ ମୁଖ୍ୟତ କୃଷି ପର୍ଯ୍ୟଟନ ଦ୍ୱାରା କୃଷକ ଏବଂ ଗ୍ରାହକ ଙ୍କ ସହଭାଗୀତା କୁ ବୃଦ୍ଧି କରିବାରେ ସଫଳ ହୋଇପାରିବ ।

❖ ଏହା ମଧ୍ୟ ବିଦ୍ୟାଳୟ ରେ ପଢୁଥିବା ପିଲାମାନଙ୍କ ପାଇଁ ଏବଂ କୃଷି ଆଗ୍ରହୀ ଲୋକ ଙ୍କ ପାଇଁ ପ୍ରଶିକ୍ଷଣ ର ସୁଯୋଗ ସୃଷ୍ଟି କରିବା ସହିତ ପରିବାର ଅନୁକୂଳ ଗନ୍ତବ୍ୟସ୍ଥଳ ଖୋଜୁଥିବା ଲୋକ ମାନଙ୍କ ପାଇଁ ଏକ ମନୋରଞ୍ଜନ ର ମାଧ୍ୟମ ହୋଇପାରିବ, ଯେଉଁଠି ସେମାନେ ବ୍ୟସ୍ତ ବହୁଳ ଜୀବନ ରୁ ବାହାରି ଆସି ପ୍ରକୃତି, ଉଦ୍ଭିଦ, ଏବଂ ଘୋରୋଇ ପଶୁ ପକ୍ଷୀ ଙ୍କ ଗହଣ ରେ ସମୟ ଅତିବାହିତ କରିପାରିବେ ।

❖ କୃଷି ପର୍ଯ୍ୟଟନ କୃଷକ ଏବଂ ସ୍ଥାନୀୟ ସମ୍ପ୍ରଦାୟ ମଧ୍ୟରେ ଉତ୍ତମ ସମ୍ପର୍କ ସୃଷ୍ଟି କରିବା ସହିତ ଛୋଟ ସମ୍ପ୍ରଦାୟର ଉନ୍ନତି ରେ ମଧ୍ୟ ଅଂଶଧର ହେବ ।

❖ ପର୍ଯ୍ୟଟନ ଦ୍ୱାରା ସ୍ଥାନୀୟ ଉତ୍ପାଦନ ଏବଂ ସେବା ଗୁଡିକର ବିକ୍ରୟ ରେ ବୃଦ୍ଧି ହେବ ସହ ସ୍ଥାନୀୟ ଅଞ୍ଚଳ ରେ ନିଯୁକ୍ତି ମଧ୍ୟ ସୃଷ୍ଟି କରିବ ।

❖ ପଡୋଶୀ କ୍ଷୁଦ୍ର ଚ଼ାଷୀ ଙ୍କ ପାଇଁ ଏହା ଏକ ମାର୍କେଟିଂ ଭେନ୍ୟୁ ରୂପରେ ମଧ୍ୟ ବ୍ୟବହାର କରାଯାଇ ପାରିବ ।

କୃଷି ପର୍ଯ୍ୟଟନ କୃଷି , କୃଷକ , ଜନସାଧାରଣ ଏବଂ ସ୍ଥାନୀୟ ସମ୍ପ୍ରଦାୟ ଙ୍କ ମଧ୍ୟରେ ଏକ ସମନ୍ୱୟ ସମ୍ପର୍କ ବଢାଇବାରେ ସକ୍ଷମ ହେବା ସହ କୃଷକ ଙ୍କୁ ଅଧିକ ଲାଭଦାୟକ କରିପାରିବ । ସରକାର ମଧ୍ୟ କୃଷି ପର୍ଯ୍ୟଟନ କୁ ଗୁରୁତ୍ୱ ଦେବା ସହ ଚ଼ାଷୀ ମାନଙ୍କୁ ଏହି ସୁଯୋଗ ବିଷୟରେ ଅବଗତ କରାଇଲେ କୃଷି ଏବଂ କୃଷକ ର ଉନ୍ନତି ହୋଇପାରିବ ।

କୃଷି ବିଶେଷଜ୍ଞ, ଭୁବନେଶ୍ୱର




# ଅସାମ୍ବିଧାନିକ ଉପାୟରେ ଜିଗ୍ନେସ୍ ମେୱାନିଙ୍କୁ ଗିରଫ କରିବା ନିନ୍ଦନୀୟ

ଭୁବନେଶ୍ୱର (ପିଏନ୍): ଜିଗ୍ନେସ ମେୱାନିଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫର ପ୍ରତିବାଦ ଓ ତୁରନ୍ତ ଖଲାସ ଦାବିରେ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ଅଧକ୍ଷ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ମାନ୍ୟବର ରାଜ୍ୟପାଳଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଅଛି । ଶ୍ରୀଯୁକ୍ତ ଜିଗ୍ନେସ ମେୱାନି ଜଣେ ଦକ୍ଷ, ବିଶିଷ୍ଟ ଦଳିତ ନେତା ଓ ବିଧାୟକ ବାଗାଦାମ ବିଧାନସଭା ନିର୍ବାଚନ ମଣ୍ଡଳି (ଗୁଜରାଟ) ଗତ.୨୧.୦୪.୨୦୨୨ତାରିଖ ମଧ୍ୟରାତ୍ରିରେ ଗୁଜୁରାଟର ପାଲାନପୁର ସର୍କିଟ୍ ହାଉସ୍‌ରୁ ଆସାମ ପୋଲିସ୍ ଗିରଫ କରିଛନ୍ତି ବୋଲି ଆମ୍ଭ ନଜରକୁ ଆସିଛି । ନିକଟରେ ବିଜେପି ନେତା ଓ କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହ ଅଭିଯୋଗ କରିଛନ୍ତି ଯେ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଜିଗ୍ନେସ ମେୱାନି କରିଥିବା ଟ୍ୱିଟ୍ ଏକ ଅବାସ୍ତବ । ଆସାମର କୋକ୍ରୋଟର ଜିଲ୍ଲାର ଏକ ବିଜେପି ନେତା ଅରୁପ କୁମାର ଦେଙ୍କ ଅଭିଯୋଗ କ୍ରମରେ ଦର୍ଶାଇଛନ୍ତି ଯେ ଜିଗ୍ନେସ ମେୱାନିଙ୍କ ଟ୍ୱିଟ୍‌ଟି କିଛି ଗୋଷ୍ଠୀର ଜନସାଧାରଣଙ୍କ ମଧ୍ୟରେ ଉତେଜନା ସୃଷ୍ଟି କରିବ ଓ ସଂହତିରେ ବାଧା ସୃଷ୍ଟି କରିବ । ଜଣେ ବିଜେପି କର୍ମୀଙ୍କ ଅଭିଯୋଗ କ୍ରମେ ଜଣେ ନିର୍ବାଚିତ ଜନପ୍ରତିନିଧିଙ୍କୁ ଏଭଳି ଭାବରେ ଗିରଫ କରାଯିବା, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଏକ ଟ୍ୱିଟ୍‌କୁ ନେଇ ଆସାମ ମୁଖ୍ୟମନ୍ତ୍ରୀ ହେମନ୍ତ ବିଶ୍ୱକର୍ମାଙ୍କର ସରକାର ଏକ ଭୀରୁ ଏବଂ ପ୍ରତିଶୋଧପରାୟଣ, ବିଜେପି ସରକାର ବୋଲି ମନେହୁଏ । କେହିବି ଦଳିତ, ଆଦିବାସୀ ଓ ବଂଚିତ ବର୍ଗ ପାଇଁ ସ୍ୱର ଉଠାଇଲେ ବିଜେପି ସରକାର ତାଙ୍କର ପ୍ରତିଶୋଧପରାୟଣ ରୂପ ଦେଖାଇଥାନ୍ତି । ନିକଟରେ ଗୁଜରାଟ ପ୍ରଦେଶର ବିଧାନ ସଭା ନିର୍ବାଚନ ପାଖେଇ ଆସୁଥିବାରୁ କେନ୍ଦ୍ର ବିଜେପି ସରକାର, ଗ୍ୟାସ୍, ପେଟ୍ରୋଲ୍, ଡିଜେଲ୍, ସି.ଏନ୍.ଜି. ଓ ଅତ୍ୟାବଶକୀୟ ଦ୍ରବ୍ୟର ଅହେତୁକ ମୂଲ୍ୟ ବୃଦ୍ଧି ଉପରୁ ଜନସାଧାରଣଙ୍କ ନଜର ହଟାଇବା ଓ କୋଭିଡ୍ ମୃତ୍ୟୁକୁ ନିୟନ୍ତ୍ରଣ କରିବାରେ ଗୁଜରାଟ ସରକାର ବିଫଳ ଇତ୍ୟାଦିରୁ ନିଜର ବଦନାମକୁ ଲୁଚାଇବା ପାଇଁ କ୍ଷମତାର ଅପବ୍ୟବହାର କରି ଏ ସବୁ ହୀନ ଚକ୍ରାନ୍ତ କରୁଛନ୍ତି । ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଜିଗ୍ନେସଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫ କରାଯାଇଥିବାରୁ ଏ ଘଟଣାର ତିବ୍ର ନିନ୍ଦା କରାଯିବା ସହିତ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି, ଗୃହମନ୍ତ୍ରୀ ଅମିତ ଶାହ, ଓ ଆସାମ ମୁଖ୍ୟମନ୍ତ୍ରୀ ହେମ' ବିଶ୍ୱଶର୍ମା, ଜିଗ୍ନେସଙ୍କୁ ଲିଖିତ ଆକାରେ କ୍ଷମା ମାଗିବା ସହିତ ତାଙ୍କୁ ଖଲାସ କରି, ତାଙ୍କର ଗୁଜରାଟ ପ୍ରଦେଶର ଗୃହକୁ ପଠାଇବାର ସୁବନ୍ଦୋବସ୍ତ କରିବା ପାଇଁ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଦାବ କରାଯାଇଅଛି । ଅଖିଳ ଭାରତୀୟ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗର ଓ ରାଜ୍ୟ ଅଧକ୍ଷ ଶ୍ରୀ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଏହି ପ୍ରତିନିଧି ମଣ୍ଡଳୀରେ କଂଗ୍ରେସ ଅନୁସୂଚିତ ଜାତି ବିଭାଗର କର୍ମକର୍ତା ସନ୍ତୋଷ କୁମାର, ମାନସ ମଲ୍ଲିକ,ଜାନକି ମଲ୍ଲିକ, ତାପସ ସେଠି ଓ ଜୟନ୍ତ କୁମାର ଭୋଇ ପ୍ରମୁଖ ମାନ୍ୟବର ରାଜ୍ୟପାଳଙ୍କୁ ସ୍ମାରକପତ୍ର ପ୍ରଦାନ କରିଥିଲେ ।

# ଉଜ୍ଜ୍ୱଳ ତାରକାର ଦୁଃଖଦ ଅବସାନ

ଭୁବନେଶ୍ୱର (ପିଏନ୍): ବିଶିଷ୍ଟ ଯୁବ ବୈଜ୍ଞାନିକ ତଥା ଗବେଷକ ଡାକ୍ତର ସୁଜିତ କୁମାର ମହାନ୍ତି ଦୀର୍ଘଦିନ ଧରି ଫୁସ୍‌ଫୁସ୍ ଜନିତ କ୍ୟାନସର୍ ରୋଗରେ ଆକ୍ରାନ୍ତ ହୋଇ ଗତ ଅପ୍ରେଲ ୮ ତାରିଖ ରାତିରେ ଏକ ଘରୋଇ ହସ୍ପିଟାଲ୍‌ରେ ଇହଲୀଳା ସମ୍ବରଣ କରିଛନ୍ତି । ଡକ୍ଟର ସୁଜିତ ମହାନ୍ତି ହେଉଛନ୍ତି ବିଶିଷ୍ଟ ଆଇନଜୀବୀ ତଥା ସମାଜସେବୀ ସୁଧୀର ମହାନ୍ତିଙ୍କ ଦ୍ୱିତୀୟ ପୁତ୍ର । ସୁଜିତ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟରୁ କୃତିତ୍ୱର ସହ ବାୟୋ-ଟେକ୍ନୋଲୋଜିରେ ପାସ୍ କରିବା ପରେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ କେମିକାଲ୍ ଟେକ୍ନୋଲୋଜି, ହାଇଦ୍ରାବାଦରେ ଅଧ୍ୟୟନ କରି ସେଠାରେ ପ୍ରଥମ ଶ୍ରେଣୀରେ ପ୍ରଥମ ହୋଇ ପାସ୍ କରିଥିଲେ । ତା'ପରେ ସେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ସାଇନ୍‌ସ, ବାଙ୍ଗାଲୋରରେ ପଢୁଥିବା ସମୟରେ ବିଭିନ୍ନ ବୈଜ୍ଞାନିକମାନଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ସମ୍ପୂର୍ଣ୍ଣ ଛାତ୍ରବୃତ୍ତି ପାଇ ଉଚ୍ଚଶିକ୍ଷା ହାସଲ କରିବାକୁ ଆମେରିକା ଯାଇଥିଲେ । ସେଠାରେ ଆଇ.ଓ.ଡବ୍‌ଲ୍ୟୁ.ଏ. ୟୁନିଭରସିଟିରେ ବାୟୋକେମିକାଲ୍ ଇଞ୍ଜିନିୟରିଂରେ ପାସ୍ କରିବା ସଙ୍ଗେସଙ୍ଗେ ପି.ଏଚ୍‌ଡି. ହାସଲ କରିଥିଲେ । ଏହାପରେ ଏକ ବେସରକାରୀ କମ୍ପାନୀରେ କାମ କରି ଗବେଷଣା କରିଥିଲେ । ତାପରେ ପୋଷ୍ଟ ଡକ୍ଟରେଟ୍ କରିବା ସମୟରେ ଆମେରିକାର ବିଶିଷ୍ଟ ଓଡ଼ିଆ ଶିଳ୍ପପତି ଡାକ୍ତର ଶୀତିକଣ୍ଠ ଦାସଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ନିଜ ରାଜ୍ୟରେ ଶିଳ୍ପର ବିକାଶ ପାଇଁ କାର୍ଯ୍ୟ କରିବା ପାଇଁ ୨୦୧୯ ମସିହାରେ ଓଡ଼ିଶା ଫେରି ଆସିଥିଲେ । ଭୁବନେଶ୍ୱରରେ ସ୍ୱାଲୋକମ ବାଇଅଭେଞ୍ଚର୍ କମ୍ପାନୀ ଗଠନ କରି କାର୍ଯ୍ୟ ଆରମ୍ଭ କରିବା ସମୟରେ ଦୁଇଥର କୋରୋନାରେ ଆକ୍ରାନ୍ତ ହୋଇଥିଲେ । ଆରୋଗ୍ୟ ଲାଭ କରିଥିଲେ ମଧ୍ୟ ପରବର୍ତ୍ତୀ ପର୍ଯ୍ୟାୟରେ କ୍ୟାନ୍‌ସର୍‌ରେ ଆକ୍ରାନ୍ତ ହୋଇଥିଲେ । ଟାଟା ମେମୋରିଆଲ୍ ହସ୍ପିଟାଲ୍‌ରେ ଚିକିତ୍ସିତ ହୋଇଥିଲେ ମଧ୍ୟ ତାଙ୍କର ସ୍ୱାସ୍ଥ୍ୟାବସ୍ଥାରେ ବିଶେଷ ଅଗ୍ରଗତି ପରିଲକ୍ଷିତ ହୋଇ ନଥିଲା । ଭୁବନେଶ୍ୱରରେ ସମ୍ ହସ୍ପିଟାଲ୍‌ରେ ଚିକିତ୍ସିତ ଅବସ୍ଥାରେ ତାଙ୍କର ଦେହାନ୍ତ ହୋଇଥିଲା । ମୃତ୍ୟୁଶଯ୍ୟା ନିକଟରେ ତାଙ୍କ ମାତା ରଞ୍ଜିତା ମହାନ୍ତି, ବଡ଼ଭାଇ ଡାକ୍ତର ସୁବ୍ରତ ମହାନ୍ତି, ଭାଉଜ ଲଭଲିନ୍ ମହାନ୍ତି, ସାନଭାଇ ଡକ୍ଟର ସନ୍ଦୀପ ମହାନ୍ତି, ଭାଇବୋହୂ ଡଃ ପ୍ରିୟଙ୍କା ମହାନ୍ତି ଉପସ୍ଥିତ ଥିଲେ ।

## ଲେଖକ ସମବାୟ ସମିତିର ରାଜ୍ୟସ୍ତରୀୟ କବିତା ପାଠ

ଆନନ୍ଦପୁର (ପିଏନ୍): ଆନନ୍ଦପୁର ଲେଖକ ସମବାୟ ସମିତିର ଦଶମ ବାର୍ଷିକ ସାରସ୍ୱତ ସମାରୋହ ଅବସରରେ ଏକ କବିତା ପାଠ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ଏହି ସମାରୋହର ପ୍ରଥର ପର୍ଯ୍ୟାୟରେ ଅନୁଷ୍ଠିତ ଆସରକୁ ଓଡିଶା ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାରପ୍ରାପ୍ତ ପାଲାକାର ଗୋବିନ୍ଦ ଚନ୍ଦ୍ର ପାଣିଗ୍ରାହୀ ପ୍ରଦୀପ ପ୍ରଜ୍ୱଳନ କରି ଉଦ୍‌ଘାଟନ କରିଥିଲେ । ମ ।ସୀନ ଅତିଥି ମାନଙ୍କ ମଧ୍ୟରେ ଅନ୍ୱେସା ସାହିତ୍ୟ ସଂସଦର ସଭାପତି ସୁରେନ୍ଦ୍ର କୁମାର ବେହେରା, କୁଶଳେଶ୍ୱର ସାହିତ୍ୟ ସଂସଦର ଉପସଭାପତି ମଙ୍ଗୁଳି ଚରଣ ପୃଷ୍ଟି, ସମ୍ବାଦ ସାହିତ୍ୟ ଘର ହାଟଡିହୀର ସଭାପତି ଅନ୍ତର୍ଯ୍ୟାମୀ ରାଉତ ଏବଂ ବଉଳା ସାହିତ୍ୟ ସଂସଦର କର୍ମକର୍ତ୍ତା ଅଧ୍ୟାପକ ସୁବାସ ପାତ୍ର, ଶ୍ରୀକାନ୍ତ ପଟ୍ଟନାୟକ ପ୍ରମୁଖ ଯୋଗଦେଇ ସାହିତ୍ୟରେ କବିତାର ଭୂମିକା ସମ୍ପର୍କରେ ଆଲୋକପାତ କରିଥିଲେ । ରତ୍ନାକର ଦାସଙ୍କ ସଂଯୋଜନାରେ ଆୟୋଜିତ ଏହି ଭବ୍ୟ କବିତା ପାଠରେ ଯାଜପୁର, ଭଦ୍ରକ, କଟକ, ବାଲେଶ୍ୱର ଓ ମୟୂରଭଂଜ ଅଂଚଳର କବିମାନେ ସେମାନଙ୍କର ସ୍ୱରଚିତ କବିତା ଆବୃତି କରିଥିଲେ । ଆନନ୍ଦପୁର ଅଂଚଳର କବିମାନଙ୍କ ମଧ୍ୟରେ ଧୂମକେତୁ ଦାସ, ଅର୍ଜୁନ ବେହେରା, ମୁରଲୀଧର ବେହେରା, ଉମାକାନ୍ତ ଜେନା, ନରହରି ରାଉତ, ବନମାଳୀ ଜେନା, ଅଭୟ ସାମଲ, ବାମନ ବେହେରା, ସୁଦାମ ଚରଣ ଜେନା, ସୁରେନ୍ଦ୍ର କୁମାର ପରିଡା, ଦଶରଥ ସାହୁ, ରାମଚନ୍ଦ୍ର ଜେନା, ନିରନ ସାହୁ, ଗୋବର୍ଦ୍ଧନ ନାୟକ, ବୈଲୋଚନ ସାହୁ, ଜ୍ୟୋସ୍ନା ଦାସ, ମାଳତୀ ପଣ୍ଡା, କୀର୍ତ୍ତନ ସାହୁ, ରଘୁନାଥ ପଣ୍ଡିତ ପ୍ରମୁଖ କବିମାନେ କବିତା ଆବୃତ୍ତି କରିଥିଲେ । ପ୍ରଥମରେ ଛାତ୍ରୀ ସୁଦେସ୍ନା ସାହୁ ଆବାହନୀ ସଙ୍ଗୀତ ଗାନ କରିଥିଲେ ଓ ଅନୀଲ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।

# ରାଉରକେଲା ସ୍ୱରେଜ୍ ପ୍ରକଳ୍ପରେ ଦୁର୍ନୀତି ଓ ଅନିୟମିତତା ନେଇ ଏଡିଏମ୍‌ଙ୍କୁ ସାକ୍ଷାତ କଲା ଜିଲ୍ଲା କଂଗ୍ରେସ

ରାଉରକେଲା (ପିଏନ୍): ରାଉରକେଲା ସ୍ୱରେଜ୍ ପ୍ଲାଣ୍ଟ ପ୍ରକଳ୍ପରେ ହୋଇଥିବା ବ୍ୟାପକ ଦୁର୍ନୀତି, ଅନିୟମିତତା ତଥା ବୋର୍ଡ କର୍ତ୍ତୃପକ୍ଷଙ୍କ ତରଫରୁ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀ ବେଆଇନ୍ ଭାବେ ଯୋଗାଇ ଦିଆଯାଉଥିବା ସୁବିଧା ସମ୍ପର୍କରେ ଜିଲ୍ଲା କଂଗ୍ରେସ ତରଫରୁ ରାଉରକେଲା ଅତିରିକ୍ତ ଜିଲ୍ଲାପାଳ ତଥା ମହାନଗର ନିଗମର କମିଶନର ଡ.ଶୁଭଙ୍କର ମହାପାତ୍ରଙ୍କୁ ସାକ୍ଷାତ କରି ସମସ୍ତ ବିଷୟ ଅବଗତ କରାଯାଇଛି । ପ୍ରାୟ ୩୪୮ କୋଟି ଟଙ୍କା ବ୍ୟୟ ମୂରୀରେ ଗତ ୨୦୧୭ ମସିହାରେ ଏହି ପ୍ରକଳ୍ପ କାର୍ଯ୍ୟ ଆରମ୍ଭ କରାଯାଇ ୨୦୨୦ ଜାନୁୟାରୀ ସୁଦ୍ଧା କାର୍ଯ୍ୟ ସାରିବା ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲେ ହେଁ ଅଦ୍ୟାବଧି ତାହା ସମ୍ପୂର୍ଣ୍ଣ ହୋଇ ନାହିଁ । ଯେଉଁ କାର୍ଯ୍ୟ ହାତକୁ ନିଆଯାଇଛି ସେଥିରୁ ବର୍ତ୍ତମାନ ସୁଦ୍ଧା ୨୦ ପ୍ରତିଶତ ବାକି ଥିବାବେଳେ ଯେଉଁ କାମ କରାଯାଇଛି ତାହା ଅତ୍ୟ' ନିମ୍ନମାନର ହୋଇଥିବାରୁ ତାହା ସହରବାସୀଙ୍କ ପାଇଁ ସର୍ବଦା ସମସ୍ୟା ସୃଷ୍ଟି କରୁଛି ବୋଲି କଂଗ୍ରେସ ନେତୃବୃନ୍ଦ ଅତିରିକ୍ତ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଏହି ଅବସରରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ପ୍ରଦତ୍ତ ଏକ ସ୍ମାରକପତ୍ରରେ କୁହାଯାଇଛି ଯେ, ମୁଖ୍ୟମାର୍ଗର ତାରିଣୀ ମନ୍ଦର ଠାରୁ ରଘୁନାଥପାଲ୍ଲୀ ଥାନା ପର୍ଯ୍ୟ' ଓ ଏସ୍‌ଟିଆଇ ଓଭରବ୍ରିଜ ଠାରୁ ବିରଜାପାଲ୍ଲୀ ଓଭର ବ୍ରିଜ୍ ପର୍ଯ୍ୟ' ସ୍ୱରେଜ୍ ପାଇପ୍ ବିଛାଯାଇ ନାହିଁ । ସେହିପରି ଛେଣ୍ଡ ଭିଏସ୍‌ଏସ୍ ମାର୍କେଟ ଛକଠାରୁ ବିଏସ୍‌ଏନ୍‌ଏଲ ଛକ ପର୍ଯ୍ୟ' ଉଭୟ ପାର୍ଶ୍ୱରେ ମଧ୍ୟ ପାଇପ୍ ବିଛାଯାଇ ନାହିଁ । ମୂଳ ଡ୍ରଇଁରେ ପାଇପ୍ ବିଛାଇବା ବ୍ୟବସ୍ଥା ଥିଲେ ହେଁ କାହିଁକି ଏଠାରେ ପାଇପ୍ ବିଛାଯାଇ ନାହିଁ ଓ ଏ ବାବଦ ଅର୍ଥ କୁଆଡେ ଗଲା ତାହା ଅନୁଧ୍ୟାନ କରିବାକୁ ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସେହିପରି ଯେଉଁ ପାଇପ୍ ବିଛା କାର୍ଯ୍ୟ କରାଯାଇଛି ଏଥିରେ ଆବଶ୍ୟକୀୟ ଗ୍ରାନାଇଟ୍ ପଥର ଚିପ୍‌ସ ଓ ଆବଶ୍ୟକୀୟ ବାଲି ଭର୍ତ୍ତି କରାଯାଇନଥିବାରୁ ବିଭିନ୍ନ ସ୍ଥାନରେ ରାସ୍ତା ଦବିଯାଉଥିବା ଦେଖାଯାଉଛି । ଯାହାର ଉଦାହରଣ ହେଉଛି ଜୋଲ୍ ରୋଡ୍, ଛେଣ୍ଡ ମୁଖ୍ୟମାର୍ଗ, ଆଇଟିଆଇ କଳିଙ୍ଗ ବିହାର ରାସ୍ତା, ବାସ'ୀ ପାଣି ଟାଙ୍କି ରାସ୍ତା ଇତ୍ୟାଦି । ଅତ୍ୟ' ନିମ୍ନମାନର କାର୍ଯ୍ୟ କରାଯାଇ ପାଇପ୍ ଲାଇନର ମେନ୍ ହୋଲ ନିର୍ମାଣ କରାଯାଇଥିବାରୁ ସେଗୁଡିକ କେଉଁଠି ରାସ୍ତା ଉପରେ ତ ଆଉ କେଉଁଠି ରାସ୍ତା ତଳେ ରହିଛି । ଫଳରେ ପ୍ରତିଦିନ ଛୋଟବଡ ଦୁର୍ଘଟଣାର କାରଣ ସାଜୁଛି । ପାଇପ୍ ବିଛା କାର୍ଯ୍ୟ ପରେ ରାସ୍ତା ନିର୍ମାଣ କରି ୫ ବର୍ଷ ପାଇଁ ମରାମତି ଓ ରକ୍ଷଣାବେକ୍ଷଣର ଦାୟିତ୍ୱ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀର ହୋଇଥିବା ବେଳେ ସମ୍ପ୍ରତି ଦବିଯାଉଥିବା ଓ ଭୁଷୁଡି ପଡୁଥିବା ରାସ୍ତାଗୁଡିକୁ କାହିଁକି ଆର୍‌ଏମ୍‌ସି ନିର୍ମାଣ କରୁଛି ବୋଲି ଦଳ ତରଫରୁ ପ୍ରଶ୍ନ କରାଯାଇ ଏହାର ଅନଧ୍ୟାନ କରିବାକୁ ଅତିରିକ୍ତ ଜିଲ୍ଲାପାଳଙ୍କୁ ଅନୁରୋଧ କରାଯାଇଛି । ଛେଣ୍ଡ ବାଗୁଡି ବସ୍ତି ଓ ବ୍ୟାଙ୍କ କଲୋନୀରେ ସ୍ୱରେଜ୍ ପାଇପ୍ ବିଛାଇବା ପାଇଁ ମୂଳ ଡ୍ରଇଁରେ ବ୍ୟବସ୍ଥା ନଥିବା ବେଳେ ଏ ଅ ଳରେ ପ୍ରାୟ ୩୦ ଲକ୍ଷ ଟଙ୍କାର ପାଇପ୍ ବିଛାଯାଇ ପରିତ୍ୟକ୍ତ ଅବସ୍ଥାରେ ଛାଡି ଦିଆଯାଇଛି । ଏହି ପାଇପ୍ ଲାଇନ୍‌କୁ କୌଣସି ମୁଖ୍ୟ ପାଇପ୍ ଲାଇନ୍ ସହିତ ସଂଯୋଗ କରାଯାଇନଥିବାରୁ ଏହି ପାଇପ୍ ବିଛା କାର୍ଯ୍ୟ ନଷ୍ଟ ହେବା ସହିତ ଏ ବାବଦରେ ବୋର୍ଡର ବିପୁଳ ଅର୍ଥ ନଷ୍ଟ ହେବାକୁ ଯାଉଥିବା ଏହାର ଆବଶ୍ୟକୀୟ ଅନୁଧ୍ୟାନ ପାଇଁ ଅନୁରୋଧ କରାଯାଇଛି । ଅପରପକ୍ଷରେ ଉକ୍ତ ଅ ଳରେ ପାଇପ୍ ବିଛା ବାବଦକୁ ଗୁଡାଏ ମିଥ୍ୟା ବିଲ୍ ପ୍ରସ୍ତୁତ କରାଯାଇ ଲକ୍ଷ ଲକ୍ଷ ଟଙ୍କା ଆତ୍ମସାତ୍ କରାଯାଇଥିବା କଂଗ୍ରେସ ତରଫରୁ ଅଭିଯୋଗ କରାଯାଇଛି । ପ୍ରତ୍ୟେକ ବାସଗୃହକୁ ସ୍ୱରେଜ୍ ସଯୋଗୀକରଣ ପାଇଁ ସରକାର କିଛି ନିର୍ଦ୍ଦେଶନାମା ଜାରି କରିନଥିବା ବେଳେ ସ୍ଥାନୀୟ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ତାଙ୍କର କିଛି ପୋଷା ଠିକାଦାର ମାଧ୍ୟମରେ ବେଆଇନ୍ ଭାବେ ସ୍ୱରେଜ୍ ସଂଯୋଗୀକରଣ ପାଇଁ ଘର ପିଛା ୨୫ରୁ ୪୦ ହଜାର ଟଙ୍କା ଆଦାୟ କରୁଛନ୍ତି । ତେଣୁ ଏହା ମଧ୍ୟ ଅନୁଧ୍ୟାନ ସାପେକ୍ଷ ବୋଲି କଂଗ୍ରେସ ତରଫରୁ କୁହାଯାଇଛି । ସେହିପରି ବୋର୍ଡ କର୍ତ୍ତୃପକ୍ଷଙ୍କ ଦ୍ୱାରା ନିର୍ମିତ ସ୍ୱରେଜ୍ ଟ୍ରିଟ୍‌ମେଣ୍ଟ ପ୍ଲାଣ୍ଟ ପରିସରରେ ଏଲ୍‌ଆଣ୍ଡଟି କମ୍ପାନୀ ୨ ବର୍ଷ ହେଲା ନିଜ କାର୍ଯ୍ୟାଳୟ ଚଲାଉଥିବା ବେଳେ ୨ଟି କୋଠାକୁ ତାର କର୍ମଚାରୀଙ୍କ ପାଇଁ ଅତିଥି ଭବନ ଭାବେ ବ୍ୟବହାର କରୁଛ । ଏହାର ଭଡା ବାବଦକୁ ଟଙ୍କାଟିଏ ଏଲ୍‌ଆଣ୍ଡଟି କମ୍ପାନୀର ବିଲ୍‌ରୁ କଟାଯାଉନଥିବା ବେଳେ କୋଠାରେ ପାଣି ଓ ବିଜୁଳି ବିଲ୍ ବାବଦକୁ ମାସିକ ଲକ୍ଷାଧିକ ଟଙ୍କା ବୋର୍ଡ କର୍ତ୍ତୃପକ୍ଷ ଭରଣା କରୁଛନ୍ତି । ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀ ପ୍ରତି କାହିଁକି ଏପରି ଅହେତୁକ ଅନୁକମ୍ପା ପ୍ରଦର୍ଶନ କରି ସରକାରଙ୍କ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହାନୀ କରୁଛନ୍ତି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ କୁହାଯାଇଛି । ତେବେ ସ୍ୱରେଜ୍ ପ୍ରକଳ୍ପର ନିର୍ମାଣ କାର୍ଯ୍ୟ ତଦାରଖ ପାଇଁ ରାଜ୍ୟ ସରକାର ସିଙ୍ଗାପୁରର ମେନ୍‌ହରଡାଟ୍ ପ୍ରାଇଭେଟ୍ କମ୍ପାନୀକୁ ୩୪ କୋଟି ଟଙ୍କାରେ ଚୁକ୍ତିବଦ୍ଧ କରିଥିବା ବେଳେ ଉକ୍ତ ସଂସ୍ଥା କ'ଣ ତଦାରଖ କରି କି ରିପୋର୍ଟ ଦେଇଛି ଓ କେତେ ଅର୍ଥ ସେ ବାବଦରେ ସରକାରଙ୍କ ଠାରୁ ନେଇଛି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସମ୍ପ୍ରତି କାର୍ଯ୍ୟ ଅଧପ'ରିଆ ଅବସ୍ଥାରେ ଥିବାବେଳେ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀକୁ କାର୍ଯ୍ୟ ସମ୍ପୂର୍ଣ୍ଣ ହେବାର ପ୍ରମାଣପତ୍ର ଦେବା ପାଇଁ ପ୍ରସ୍ତୁତି ଚଳାଇଛନ୍ତି । ତେଣୁ ଏହି ଘଟଣାରେ ଅତିରିକ୍ତ ଜିଲ୍ଲାପାଳ ହସ୍ତକ୍ଷେପ କରି ସମସ୍ତ କାର୍ଯ୍ୟ ସମ୍ପୂର୍ଣ୍ଣ ନ ହେବା ପର୍ଯ୍ୟ' ପ୍ରକଳ୍ପର ହସ୍ତା'ର ପ୍ରକ୍ରିୟା ବନ୍ଦ ରଖିବାକୁ ସ୍ମାରକପତ୍ରରେ କଂଗ୍ରେସ ତରଫରୁ ଉଲ୍ଲେଖ କରାଯାଇଛି । ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ତଥା ରାଉରକେଲାର ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ବିରେନ ସେନାପତି, ବରିଷ୍ଠ ଉପସଭାପତି ଦେବବ୍ରତ ବିହାରୀ, ଅନ୍ୟତମ ଉପସଭାପତି ସ'ୋଷ ବିଶ୍ୱାଳ ଓ କୀର୍ତ୍ତନ ଦାସ, ପୂର୍ବତନ କାର୍ଯ୍ୟକାରୀ ସଭାପତି ସବୀର ହୁସେନ, ପୂର୍ବତନ ପିସିସି ସମ୍ପାଦକ ଗଣେଶ ପ୍ରଧାନ, ଲିଗାଲ ସେଲ୍ ଅଧକ୍ଷ ବିସ୍ମୟ ଦାସ, ଅସଙ୍ଗଠିତ ଶ୍ରମିକ କଂଗ୍ରେସ ଅଧକ୍ଷ ନିହାର ଦାସ, ମହିଳା କଂଗ୍ରେସ ସଭାନେତ୍ରୀ ନିରୂପମା ବଳିୟାରସିଂ, ମୁଖପାତ୍ର କୈଳାସ ସାହୁ, ବ୍ଲକ୍ କଂଗ୍ରେସ ସଭାପତି ପ୍ରଦ୍ୟୁମ୍ନ ଷଡଙ୍ଗୀ, ପୂର୍ବତନ ବ୍ଲକ୍ ସଭାପତି ବିନୋଦ ବିହାରୀ ପଟ୍ଟନାୟକ, ଜିଲ୍ଲା କଂଗ୍ରେସ ସାଧାରଣ ସମ୍ପାଦକ ତୁଳସୀ ନାଗ, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର, ଦିଲ୍ଲୀପ ଜେନା, ସେବାଦଳର ବୁଲୁ ଦାସ, ନରେନ୍ଦ୍ର ବର୍ମା ପ୍ରମୁଖ ଉପସ୍ଥିତ ରହି ସ୍ମାରକପତ୍ର ପ୍ରଦାନ ସହିତ ଆଲୋଚନାରେ ଅଂଶଗ୍ରହଣ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି ।

## ଓଡ଼ିଶାରେ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ୍ ଇଣ୍ଡିଆ କେ ବୋଲ୍ ସିଜିନ-୨ ଶୁଭାରମ୍ଭ

ଭୁବନେଶ୍ୱର (ପିଏନ୍): ଯୁବ କଂଗ୍ରେସ ପକ୍ଷରୁ ରାଷ୍ଟ୍ରୀୟ ଓ ରାଜ୍ୟସ୍ତରୀୟ ଯୁବ ପ୍ରବକ୍ତା ସଂଗ୍ରହ ନିମନ୍ତେ ଭୁବନେଶ୍ୱରରେ 'ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨' ଅଭିଯାନ ଶୁଭାରମ୍ଭ ହୋଇଛି । କାର୍ଯ୍ୟକ୍ରମରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସଭାପତି ଡ. ସ୍ମୃତି ରଂଜନ ଲେଙ୍କା, ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ର ଓଡ଼ିଶା ପ୍ରଭାରୀ ନମ୍ରତା ସୋନୀ, ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରବକ୍ତା ତଥା ଓଡ଼ିଶା ସହ ପ୍ରଭାରୀ ଜାବେଦ ଖାନଙ୍କ ସମେତ ଯୁବ କଂଗ୍ରେସର ଅନ୍ୟ ପ୍ରଦେଶ ପଦାଧିକାରୀମାନେ ଉପସ୍ଥିତ ରହି ଅଭିଯାନର ଶୁଭାରମ୍ଭ କରିଥିଲେ ।

ଏହି ଅବସରରେ ପ୍ରଭାରୀ ନମ୍ରତା ସୋନୀ କହିଲେ ଯେ ୟଙ୍ଗ ଇଣ୍ଡିଆ କେ ବୋଲ ହେଉଛି ଏଭଳି ଏକ କାର୍ଯ୍ୟକ୍ରମ, ଯାହା ମାଧ୍ୟମରେ ଯୁବବର୍ଗ ନିଜ ଅଂଚଳଠାରୁ ଆରମ୍ଭ କରି ଜାତୀୟସ୍ତରୀୟ ବିଭିନ୍ନ ପ୍ରସଙ୍ଗ ଉପରେ ନିଜର ଦୃଢ଼ ମତ ଉପସ୍ଥାପନ କରିବାର ସୁଯୋଗ ପାଇପାରିବେ । ଏହି ପ୍ରକ୍ରିୟା ପାଇଁ ଏକ ଗୁଗୁଲ ଫର୍ମ ଜାରି କରାଯାଇଛି, ଯାହାକି ମେ ୩୧ ସୁଦ୍ଧା ପୂରଣ କରାଯାଇପାରିବ । ଦ୍ୱିତୀୟ ପର୍ଯ୍ୟାୟରେ ଏହି ଅଂଶଗ୍ରହଣକାରୀମାନଙ୍କୁ ନେଇ ଜିଲ୍ଲାସ୍ତରରେ ବିଭିନ୍ନ ବକ୍ତୃତା ପ୍ରତିଯୋଗିତା ଆୟୋଜନ କରାଯିବ । ଏଥିରେ କୃତୀ ପ୍ରତିଯୋଗୀ ପରେ ରାଜ୍ୟସ୍ତରୀୟ ଏବଂ ବିଭିନ୍ନ ରାଜ୍ୟରୁ କୃତକାର୍ଯ୍ୟ ହୋଇଥିବା ପ୍ରତିଯୋଗୀ ଜାତୀୟସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ, ଯାହାକି ଆସନ୍ତା ଅକ୍ଟୋବର ମାସରେ ଅନୁଷ୍ଠିତ ହେବ ।

ସହ ପ୍ରଭାରୀ ଜାବେଦ ଖାନ ସୂଚନା ଦେଇ କହିଲେ ଯେ ସାରା ଦେଶରେ ଯୁବ ପ୍ରତିଭା ଓ ସାହସୀ ଯୁବବର୍ଗଙ୍କୁ ଖୋଜି ବାହାର କରିବା ନିମନ୍ତେ ରାହୁଲ ଗାନ୍ଧିଙ୍କ ଅଭିନବ ପରିକଳ୍ପନା ସ୍ୱରୂପ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଛି । ୨୦୨୧ରେ ଭାରତୀୟ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ମାଧ୍ୟମରେ ୨୭ଜଣ ରାଷ୍ଟ୍ରୀୟ ପ୍ରବକ୍ତା ଓ ୨୫୦ରୁ ଊର୍ଦ୍ଧ୍ୱ ପ୍ରଦେଶସ୍ତରୀୟ ପ୍ରବକ୍ତାଙ୍କୁ ଚୟନ କରାଯାଇଥିଲା । ରାହୁଲ ଗାନ୍ଧିଙ୍କ ଏହି ପରିକଳ୍ପନାକୁ ପୁଣି ଥରେ ସାକାର କରିବା ନିମନ୍ତେ ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରଭାରୀ କ୍ରିଷ୍ଣା ଆଲାବାରୁଙ୍କ ମାର୍ଗ ଦର୍ଶନ ତଥା ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ଅଧକ୍ଷ ବି.ଭି ଶ୍ରୀନିବାସଙ୍କ ନେତୃତ୍ୱରେ ଦେଶବ୍ୟାପୀ ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ ଆରମ୍ଭ ହୋଇଛି । ଗତ ୨୬ ମାର୍ଚ୍ଚରୁ ଯୁବ କଂଗ୍ରେସ ରାଷ୍ଟ୍ରୀୟ କାର୍ଯ୍ୟାଳୟଠାରେ ଉଦ୍‌ଘାଟିତ ହୋଇଥିବା ଏହି ଅଭିଯାନ ବିଭିନ୍ନ ରାଜ୍ୟରେ କରାଯାଉଛି । କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସମ୍ପାଦକ ଜ୍ଞାନ ରନ ରାଉତ, ବୀରେନ କୁମାର ଦଳେଇ, ଆଶୁତୋଷ ଲେଙ୍କା, ଶ୍ରୀବତ୍ସ ରଥ, ମନିଷା ଦାଶ ପଟ୍ଟନାୟକ, ରାକେଶ ଦାସ, ରିତୁଲ ମହାରଣା, ସୌମ୍ୟରଂଜନ ମିଶ୍ର, ଅକ୍ଷୟ କୁମାର ମଲ୍ଲ, ହରିଶଙ୍କର ଜେନା ପ୍ରମୁଖ ଉପସ୍ଥିତ ଥିଲେ ।

## ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ

ଖୋର୍ଦ୍ଧା (ପିଏନ)- ଖୋର୍ଦ୍ଧା ଜିଲ୍ଲା ସଦର ମହକୁମାରେ ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ ସଭାପତି ଅଗାଧୁ ସେଠୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ ସରକାରଙ୍କ ଶିକ୍ଷା ଓ ଶିକ୍ଷକ ମାରଣ ନୀତିକୁ ତୀବ୍ର ସମାଲୋଚନା କରିବା ସହ ଦୀର୍ଘ ୬ ବର୍ଷ ଧରି ସରକାରଙ୍କ ପକ୍ଷରୁ ଏ ପର୍ଯ୍ୟନ୍ତ ନୂତନ ଶିକ୍ଷକ ନିଯୁକ୍ତି କରି ନାହାନ୍ତି । ଫଳରେ ବହୁ ଶିକ୍ଷକ ପଦବୀ ଖାଲି ପଡିଥିବାବେଳେ ବିଦ୍ୟାଳୟରେ ଶିକ୍ଷାଦାନ ବାଧାପ୍ରାପ୍ତ ହୋଇପଡିଛି । ସରକାରଙ୍କ ତ୍ରୁଟିପୂର୍ଣ୍ଣ ନୀତି ଯୋଗୁଁ ଗୁଣାତ୍ମକ ମାନ ବୃଦ୍ଧି ପାଇନାହିଁ ବୋଲି ସଂଘ ଅଭିଯୋଗ କରିଛି । ତେବେ ଶିକ୍ଷକମାନଙ୍କର ବିଭିନ୍ନ ସମସ୍ୟାରୁ ଶିକ୍ଷା ଅଧିକାରୀମାନେ ସମାଧାନ କରିପାରି ନାହାନ୍ତି । ସମସ୍ତ ଜିଲ୍ଲାର ଶିକ୍ଷକଙ୍କ ପଦୋନ୍ନତି ଦିଆଯାଇଥିବା ବେଳେ ଖୋର୍ଦ୍ଧା ଜିଲ୍ଲାରେ ଲେବୁଲ୫(କ)ରୁ ୫(ଖ)ରୁ ଲେବୁଲ ୪କୁ ପଦୋନ୍ନତି କରାଯାଉନାହିଁ । ଶିକ୍ଷକମାନଙ୍କୁ ନିଜ ବ୍ଲକକୁ ବଦଳି କରିବା, ବେଗୁନିଆ ବ୍ଲକର ଯେଉଁ ଶିକ୍ଷକମାନଙ୍କର ୧୦ ବର୍ଷ ପୂରଣ ହୋଇଛି ସେମାନଙ୍କୁ ଏମଏସପି ସୁବିଧା ଦେବା, ମାସର ପ୍ରଥମ ଦିନର ଦରମା ପ୍ରଦାନ କରିବା ଓ ଶିକ୍ଷକମାନଙ୍କୁ ଡିଆଇସି ପାସ ବୁକ ପ୍ରଦାନ କରାଯାଉ ନଥିବାରୁ ନେତୃବୃନ୍ଦ ଅସନ୍ତୋଷ ପ୍ରକାଶ କରିଥିଲେ ।

# ଓଡିଶାରେ ବିଲାଇଭର ୫ମ ମଲ୍ଟି ବ୍ରାଣ୍ଡ ଷ୍ଟୋର

ଭୁବନେଶ୍ୱର,(ପି.ଏନ): ସାରା ଦେଶରେ ଏହାର ସମ୍ପ୍ରସାରଣ ପ୍ରୟାସ ଜାରି ରଖିଥିବା ବିଲାଇଭ ଭାରତର ଦ୍ରୁତତମ ବୃଦ୍ଧି ପାଉଥିବା ମଲ୍ଟି ବ୍ରାଣ୍ଡ ଇଲେକ୍ଟ୍ରିକ୍ ଯାନ ପ୍ଲାଟଫର୍ମ,ଏହାରପଞ୍ଚମ ମଲ୍ଟି ବ୍ରାଣ୍ଡ ଷ୍ଟୋର ଓଡିଶାର ବ୍ରହ୍ମପୁରରେ ଖୋଲିଛି । ବିଲାଇଭର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପ୍ରତୀକ ଦାଶଙ୍କ ସହ ଶ୍ରୀ ସ'ୋଷ କୁମାର ଅଗ୍ରୱାଲ, ଆଶିଷ ଅଗ୍ରୱାଲ ଏବଂ ଷ୍ଟୋର କର୍ମଚାରୀଙ୍କ ଉପସ୍ଥିତିରେ ଏହି ଷ୍ଟୋରକୁ ଉଦଘାଟନ କରିଥିଲେ । ବୈଦୁତିକ ଗତିଶୀଳତା ଏବଂ ଇନ୍ଧନ ମୂଲ୍ୟ ବୃଦ୍ଧିରେ ବିଶ୍ୱ ସଚେତନତା ହେତୁ ଗ୍ରାହକଙ୍କ ଚାହିଦାର ବୃଦ୍ଧିକୁ ନଜରରେ ରଖି ଏହି ଭାରତର ୨୬ ତମ ଇଭି ଷ୍ଟୋରକୁ ଓଡିଶାର ବ୍ରହ୍ମପୁରରେ ଖୋଲାଯାଇଛି । ବିଲାଇଭ ଷ୍ଟୋର ଏକାଧିକ ଇଭି ବ୍ରାଣ୍ଡ, ବିଶେଷଜ୍ଞ ସମର୍ଥନ, ସହଜ ଅର୍ଥ ଏବଂ ରୋମାଞ୍ଚକର ଅଫରରୁ ବିଭିନ୍ନ ପ୍ରକାରର ବୈଦ୍ୟୁତିକ ଯାନ ପ୍ରଦାନ କରେ । ବିଭିନ୍ନ ବୈଦ୍ୟୁତିକ ସ୍କୁଟର, ଚକ, ମୋଟରସାଇକେଲ ଏବଂ ବିତରଣ ଯାନ ପାଇଁ କ୍ରେତାମାନେ ଇଏମଆଇରେ ମାସକୁ ୨,୦୦୦ ରୁ କମ୍ ଚୟନ କରିପାରିବେ । ୨୦ ରୁ ଅଧିକ ଫ୍ରାଞ୍ଚାଇଜ୍ ମାଲିକାନା ଷ୍ଟୋରଗୁଡିକର ଏକ ନେଟୱାର୍କ ସହିତ,ବିଲାଇଭ ୨୫୦୦ ରୁ ଅଧିକ ପରିବାର ଏବଂ ବ୍ୟବସାୟକୁ ବୈଦୁତିକ ଯାନ ମାଧ୍ୟମରେ ସାହାଯ୍ୟ କରିଛି । ଷ୍ଟୋରରେ କିନେଟିକ୍ ଗ୍ରୀନ୍, ହିରୋ ଲେକ୍ଟ୍ରୋ, ଡିଟେଲ, ବ୍ୟାଟ୍‌ରେ, ଜେମୋପାଇ, ଟେଟୋ ଇଲେକ୍ଟ୍ରା, ଇ-ମୋଟୋରଡ ଏବଂ ଅନ୍ୟାନ୍ୟ ବୈଦ୍ୟୁତିକ ଯାନ ପ୍ରଦର୍ଶିତ ହୋଇଛି । ଗ୍ରାହକମାନେ ଷ୍ଟାଇଲିସ୍ ଲୁକ୍ ସହିତ ବହୁ ପ୍ରତୀକ୍ଷିତ ହାଇ ସ୍ପିଡ୍ ଇଭିଗୁଡିକ ମଧ୍ୟରୁ ଗୋଟିଏ ଅନୁଭବ କରିପାରନ୍ତି - ବିଲାଇଭର ମଲ୍ଟି ବ୍ରାଣ୍ଡ ଷ୍ଟୋରରେ ବ୍ୟାଟ୍: ପୁନ ଷ୍ଟୋରୀ । ଏହି ସ୍ମାର୍ଟ ଏବଂ ଅଭିନବ ଇ-ବାଇକ୍ ବ୍ୟାଟ୍‌ରେ ଏହାର ରେ ପ୍ରଥମ ଅଟୋ ।ସିଇଓ ତଥା ସହ-ପ୍ରତିଷ୍ଠାତା ସମର ଖୋଲକର କହିଛନ୍ତି ଯେ 'ଓଡିଶାରେ ଭଳି ରାଜ୍ୟରେ ଏକ ନୂତନ ମଲ୍ଟି ବ୍ରାଣ୍ଡ ଅଭିଜ୍ଞତା ଷ୍ଟୋର ସହିତ ଆମର ଉପସ୍ଥିତି ବଢାଇବାକୁ ଆମେ ଉତ୍ସାହିତ । ସତ କହିବାକୁ ଗଲେ, ଆମେ ଓଡିଶାରେ ଏହି ପ୍ରକାରର ଜବରଦସ୍ତ ପ୍ରତିକ୍ରିୟା ପାଇବାକୁ ଆଶା କରିନାହୁଁ; ଆମେ ପ୍ରକୃତରେବ୍ରହ୍ମପୁରର ନୂତନ ଷ୍ଟୋର ଲୋକମାନଙ୍କୁ ଇଲେକ୍ଟ୍ରିକ୍ ଗତିଶୀଳତାପାଇଁ ଇଭିଏସ୍ ଷ୍ଟୋର ହୋମ ଡେମୋକୁ ମଧ୍ୟ ସୁଗମ କରିବ ଏବଂ ଗ୍ରାହକଙ୍କୁ ରୋମାଞ୍ଚକର ଅଫର ଏବଂ ସହଜ ଫାଇନାନ୍ସ ବିକଳ୍ପ ବିଷୟରେ ସୂଚନା ପ୍ରଦାନ କରିବ । 'ଜଳବାୟୁ ପରିବର୍ତ୍ତନ ଚି'।ଧାରାକୁ ନେଇ ବିଶ୍ୱସ୍ତରୀୟ ସଚେତନତା ସହିତ ବୈଦ୍ୟୁତିକ ଗତିଶୀଳତା ବୃଦ୍ଧି ପାଇଁ ଭାରତର ପ୍ରତିବଦ୍ଧତା ଦ୍ୱାରା ରାଜ୍ୟ ସରକାର ଚଳିତ ବର୍ଷ ପ୍ରାରମ୍ଭରେ ଏହାର ଇଭି ନୀତି ପ୍ରକାଶ କରିଛନ୍ତି ଯାହା ଉଭୟ ବ୍ୟକ୍ତିଗତ ଗତିଶୀଳତା ଏବଂ ସାଧାରଣ ପରିବହନ ବିଭାଗରେ ବୈଦ୍ୟୁତିକ ଯାନ ଗ୍ରହଣକୁ ସମର୍ଥନ କରିବ । ଇଭି ନୀତି ମଧ୍ୟ ସ୍ୱଚ୍ଛ ଶକ୍ତି ଉତ୍ସ ଉପରେ ଧ୍ୟାନ ଦେଇ ଇଲେକ୍ଟ୍ରିକ୍ ଭେଇକିଲ୍ ଚାର୍ଜିଂ ଷ୍ଟେସନ୍ ଏବଂ ବ୍ୟାଟେରୀ ସ୍ୱାପିଂ ଷ୍ଟେସନର ଏକନେଟୱାର୍କ ସୃଷ୍ଟି କରିବାକୁ ସକ୍ଷମ କରିବାକୁ ଚେଷ୍ଟା କରେ ।ଚଳିତ ବର୍ଷ ଫେବୃଆରୀରେ ଘୋଷିତ ହୋଇଥିବା ଇଭି ନୀତି ଅନୁଯାୟୀ ମିଶନ ଶକ୍ତି, ବ୍ୟକ୍ତିବିଶେଷ ତଥା ରାଜ୍ୟ ସରକାରୀ କର୍ମଚାରୀଙ୍କ ପାଇଁ ଓଡିଶା ସରକାର ସ୍ୱତନ୍ତ୍ର ଯୋଜନା ଘୋଷଣା କରିଛନ୍ତି । ବ୍ରହ୍ମପୁରରରେ ଥିବା ବିଲାଇଭ ଷ୍ଟୋରର ଆଶିଷ ଅଗ୍ରୱାଲ ଏହି ଉନ୍ମୋଚନ ସମ୍ପର୍କରେ ସୂଚନା ଦେଇ କହିଛନ୍ତି, 'ଆମେ ବିଲାଇଭ ସହ ସହଭାଗୀ ହୋଇ ଗର୍ବିତ ଏବଂ ଓଡିଶାରେ ବୈଦ୍ୟୁତିକ ଗତିଶୀଳତାକୁ ଉତ୍ସାହିତ କରିବା ଦିଗରେ ଆମର ପ୍ରତିବଦ୍ଧତା ପ୍ରଦର୍ଶନ କରୁଛୁ । ଇଭିଏସ୍ ଶୀଘ୍ର ଜନତାଙ୍କ ମଧ୍ୟରେ ଆକର୍ଷିତ ହେବାରେ ଲାଗିଛି, ସେମାନଙ୍କର କାର୍ଯ୍ୟଦକ୍ଷତା ଏବଂ ନିର୍ଭରଯୋଗ୍ୟତା ଉପରେ ସାମାନ୍ୟ ଆଶଙ୍କା ଅଛି । ଆମେ ଲୋକମାନଙ୍କୁ ଅନୁରୋଧ କରୁଛୁ ଯେ ଆମର ବୈଦ୍ୟୁତିକ ଯାନଗୁଡିକର ପରିସର ଅନୁସନ୍ଧାନ କରିବାକୁ ଏବଂ ଇଲେକ୍ଟ୍ରିକ୍ ଗତିଶୀଳତା କାହିଁକି ଘଣ୍ଟାର ଆବଶ୍ୟକତା ଅଟେ ।


DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ଅପସଂସ୍କୃତି ପଶାପାଲିରେ ସଂସ୍କୃତି



ହିମାଂଶୁ ଶେଖର ଆଚାର୍ଯ୍ୟ

ରାତି ପାହିଲାଣି ରାବଇ କାଉ, ଉଠ ଉଠ ମଠ ନକର ଆଉ' - ପିଲାଙ୍କ ପଢାବହିରେ ଥିବା ଏହି ଉକ୍ତିଟି ଆଜି ଶିଶୁମାନସରୁ ଲିଭିଯିବାକୁ ବସିଲାଣି । କାଉ ଆମ ସଂସ୍କୃତି ଓ ଚଳଣୀର ଅଂଶ ହୋଇ ଆସିଛି କାହିଁ କେଉଁ କାଳରୁ । କୌଣସି ଶୁଭାଶୁଭ ମନାସିଲେ ପ୍ରଥମେ କାଉକୁ ଆଧାର ଦିଆଯିବାର ପରମ୍ପରା ରହିଛି । କେବଳ ସେତିକି ନୁହେଁ, ଆକାଶରେ ଜହ୍ନକୁ ଦେଖି ଶିଶୁ ପ୍ରାଣ ଆଉ ପୁଲକିତ ହେଉନାହିଁ । 'ଆ ଜହ୍ନମାମୁଁ ସରଗ ଶଶୀ - ମୋ କାହ୍ନୁ କୋଳରେ ପଡରେ ଖସି'ର ପ୍ରାଣମୟ ଆବେଦନ ହଜିଗଲାଣି ଟି.ଭି.ର କାର୍ଟୁନ୍ ଶୋ'ରେ । ବାଃ ବାଃ ବ୍ଲାକ୍‌ସିପ୍, ଟୁଇଁକିଲ୍ ଟୁଇଁକିଲ୍ ଲିଟିଲ ଷ୍ଟାର ଭିତରେ ଲୁଚି ଯାଉଛି ତା'ର କଳ୍ପନା । ସତୁରୀ ପ୍ରତିଶତ, ଅଶୀ ପ୍ରତିଶତ,ନବେ ପ୍ରତିଶତ ଅଙ୍କକଷା ଭିତରେ ସଙ୍କୁଚିତ ହୋଇଯାଇଛି ତା'ର ପ୍ରାଣର ବିସ୍ତାର । 'ଶଙ୍ଖଚିଲ ଭାଇ ନମସ୍କାର', 'ଜହ୍ନିଫୁଲ ଠୋ ଠା - କାକୁଡି ଫୁଲ ଠୋ ଠା' କହି ତାଳିମାରି ନାଚିପାରୁନି ସେ ।

ଯୁବକଟି ଆଖିରୁ ହଜି ଗଲାଣି ସ୍ୱପ୍ନ । ଅର୍ଥରୂପୀ ସୁନାର ହରିଣୀ ପଛରେ ଧାଇଁ ଧାଇଁ ଦିଗହରା ହୋଇଛି ତା'ର ଇପ୍‌ସିତ ଲକ୍ଷ୍ୟ । ବିଦ୍ୟା ତା' ପାଇଁ କେବଳ ଅର୍ଥକରୀ – ସେ ବିଦ୍ୟାରେ ନାହିଁ ପରକୁ ଆପଣାର କରି ଗଢିତୋଳିବା – ଅନ୍ୟ ପାଇଁ ଲୁହ ଢାଳିବା – ସେଥିରେ ଅଛି ଆଭିଜାତ୍ୟର ମୋହ, ଲୋଭନୀୟ ପଦବୀର ଆସକ୍ତି, ମୋଟା ଅଙ୍କ ଦରମାର ଝୁଙ୍କ, ଆଧୁନିକ ଷ୍ଟାଟସ୍‌ର ଅହମିକା; ଆଉ ତାରି ଭିତରେ ମୂଳଚାଲ ହେଉଛି ତା'ର ଜୀବନ, ଯୌବନ ଆଉ ସ୍ୱପ୍ନ । ଏକଦା ଆମ ସଂସ୍କୃତିର ଧାରା ଥିଲା 'ବସୁଧୈବ କୁଟୁମ୍ବକମ୍' – 'ସର୍ବେ ଭବନ୍ତୁ ସୁଖୀନଃ' – 'ମୋ ଜୀବନ ପଛେ ନର୍କେ ପଡିଥାଉ, ଜଗତ ଉଦ୍ଧାର ହେଉ' । ଏସବୁ ଆଜି ଆଇ ମା' କାହାଣୀ ପରି ଲାଗୁଛି । ଆଧୁନିକତାର ଚାକଚକ୍ୟ ମଧ୍ୟରେ ସେ ସବୁ ବିବର୍ଜିତ ହୋଇ ପଡିରହିଛି ।

ସଭ୍ୟତାର ପ୍ରସାର ସହିତ ମଣିଷ କ୍ରମଶଃ ଦୂରେଇ ଯାଉଛି ନିଜ ସଂସ୍କୃତି ଠାରୁ । ଉପଭୋକ୍ତାବାଦ ମଣିଷକୁ ଆଉ ମଣିଷ ଅବସ୍ଥାରେ ରହିବାକୁ ଦେଉନାହିଁ । ଧନ ବଳରେ ନଷ୍ଟ ହୋଇଯାଉଛି ମୂଲ୍ୟବୋଧ । ଏହି ମୂଲ୍ୟବୋଧର ଅବକ୍ଷୟ ଅପସଂସ୍କୃତିକୁ ଡାକି ଆଣୁଛି ହାତଠାରି । ଫଳ ସ୍ୱରୂପ ଆମ ସାଂସ୍କୃତିକ ଜୀବନ ହୋଇଉଠିଛି ବିକଳାଙ୍ଗ । ଆଜି ଭାଗବତ ଘର ଢିଅରେ ମୁଣ୍ଡ ଟେକିଛି ଯୁବକ ସଂଘ, ମହିଳା ସମିତି । ଚାଟଶାଳୀ ଜାଗାରେ ଠିଆ ହୋଇଛି ଅଙ୍ଗନବାଡି, ବାପା ଏବେ ଡାଡି, ବୋଉ ମମି, ଆଉ ମାଉସୀ, ଖୁଡି, ମାଇଁ ଏମାନେ ସମସ୍ତେ ଆ ିରେ ଗଣା । ସେମିତି ଦାଦା, ମଉସା, ମାମୁଁ ଏମାନେ ସମସ୍ତେ ଅଙ୍କଲ । ନମସ୍କାର ଆଉ ପ୍ରଣାମ ବଦଳରେ ଟା,ଟା ବାଏବାଏ । ଏତ ଗଲା ଆମ ନିତିଦିନିଆ କଥା । ବାହାଘର, ବ୍ରତଘର ଓ ପୂଜା ପାର୍ବଣ କଥା ନ କହିଲେ ଭଲ । ବାହାଘରମାନଙ୍କରେ ବରଯାତ୍ରୀ ମେଳରେ ଚାଲିଛି ଉଦଣ୍ଡ ନୃତ୍ୟ । ମାଣବସା ଗୁରୁବାରରେ ଲକ୍ଷ୍ମୀ ପୁରାଣ କ୍ୟାସେଟ୍‌ରେ କାମ ଚଳିଯାଉଛି । ଏପରିକି ଅଷ୍ଟପ୍ରହରୀମାନଙ୍କରେ ବିଭିନ୍ନ ସିନେମା ଗୀତର ଧୂନ୍‌କୁ ଅନୁକରଣ କରାଯାଇ ନାମ ସଂକୀ ନ ଚାଲିଛି ।ଏବେ ଆମ ସଂସ୍କୃତିକୁ ଗତ କିଛି ବର୍ଷ ହେଲା ଧସେଇ ପସିଛି କାଉଡିଆ ସଂସ୍କୃତି । କାହିଁ କେଉଁ କାଳରୁ ଶିବ ଉପାସନା ଆମ ସଂସ୍କୃତିରେ ପ୍ରଚଳିତ ଥିଲେହେଁ ଏବେ ତାହାକୁ ଆଧାର କରି କାଉଡିଆ ମାନଙ୍କର ଭିଡ କାହିଁରେ କ'ଣ । ଯେଉଁଠି ଦେଖିବ ରାସ୍ତାରେ କାଉଡି ଧରି ଆବାଳ ବୃଦ୍ଧବନିତା ଚାଲିଛନ୍ତି ଶୈବ ପିଠକୁ । ଏଠାରେ ଭକ୍ତି ଅପେକ୍ଷା ମସ୍ତି ବେଶି । ନିକଟରେ ଏକ ବହୁ ଚର୍ଚ୍ଚିତ ଘଟଣା ଆମ ସଂସ୍କୃତିକୁ ଆହୁରି ବିକୃତ କରିଛି । ଦେହର ଭୋକ ମେ ।ଇବା ପାଇଁ ଏବର ବହୁ ମଣିଷ ନିଜର ବିବେକ ପଣିଆକୁ ପାଶୋରି ଅବାଟରେ ବାଟ ଦେବା ଆମ ନଗ୍ନ ମାନସିକତାର ଖୋଲା ପରିପ୍ରକାଶ କହିଲେ ଭୁଲ ହେବ ନାହିଁ ।ଉ ର ପିଢିର ପିଲାଙ୍କ ପାଇଁ ଆମେ କଣ ଏହି ଆର୍ଦଶ ଛାଡି ଦେଇଯିବା ? ଏଦିଗରେ ଗଭୀର ଭାବେ ଚିନ୍ତା କରିବାର ଅଛି । ଭଗବାନ କରନ୍ତୁ ଅନିତୀ ବଦଳରେ ନିତୀ ,ଅନୈତିକତା ବଦଳରେ ନୈତିକତା ସହ ମୂଲ୍ୟବୋଧ ଆମ ଜୀବନର ମାନଦଣ୍ଡ ହେବା ବିଧେୟ ।

ନାଚ, ଗୀତ କଥା ଆହୁରି ତଦ୍ରୁପ । ଆମ ଓଡ଼ିଶୀ ନାଚ ଆମକୁ ଭଲ ଲାଗୁନି । ରେକର୍ଡ ଡ୍ୟାନ୍ସର ଯୁଗ ଏବେ । ବିଭିନ୍ନ ମ , ସାଂସ୍କୃତିକ ଅନୁଷ୍ଠାନ ଠାରୁ ଆରମ୍ଭ କରି ଗଣନାଟ୍ୟ ପର୍ଯ୍ୟନ୍ତ ସବୁଠି ଏହାର ଛାପ । ଏପରିକି ଟିଭି ଚ୍ୟାନେଲରେ ଜାତୀୟ ସ୍ତରଠାରୁ ଆରମ୍ଭ କରି ଆମ ଓଡିଆ ଟି.ଭି.ଚ୍ୟାନେଲ ପର୍ଯ୍ୟନ୍ତ ସବୁଠି କାୟା ବିସ୍ତାର କରିଚାଲିଛି ଏହି ଡ୍ୟାନ୍ସ ଧମାକା । ଏ ସବୁ ଦେଖିବାକୁ ଉତ୍କଣ୍ଠିତ ଆମ ଯୁବ ସମାଜ । ଅଭିଭାବକମାନେ ବି ଏହି ମାନିଆରୁ ମୁକ୍ତ ନୁହଁନ୍ତି । ଗୀତ ତ ଏଠି ପଣ୍ୟ ଦ୍ରବ୍ୟ । ବେପାରୀ ଚିନ୍ତାଚେତନା ନେଇ ଏଠି ପ୍ରସ୍ତୁତ ହେଉଛି ଭଜନ, ଜଣାଣ ଓ ଆଧୁନିକ ଗୀତର କ୍ୟାସେଟ୍ । ଦ୍ୱିଅର୍ଥବୋଧକ ଶବ୍ଦ ସଂଯୋଜନା ଓ ଚାଲୁ ସ୍ୱର ଏଠି ହୋଇଛି ଭଲ ସଙ୍ଗୀତର ମାପକାଠି ।

ଖାଲି ସେତିକି ନୁହେଁ, ଟି.ଭି. ଚ୍ୟାନେଲ୍‌ରେ ରିୟଲିଟି ଶୋ'ର ଚାହିଦା ମଧ୍ୟ କାହିଁରେ କ'ଣ । ଏହି ରୁଚି ଭିତରେ ଆମର ମହାନ୍ ସଂସ୍କୃତି, ପରମ୍ପରା ଓ ଐତିହ୍ୟ ଅଣନିଶ୍ୱାସୀ ହୋଇପଡୁଛି । ଅର୍ଥ ଲୋଭରେ ଓ ରାତାରାତି ଚର୍ଚ୍ଚାର ପରିସରକୁ ଆସିବା ପାଇଁ ପ୍ରତିଯୋଗୀମାନେ ଏଥିରେ ଅଂଶ ଗ୍ରହଣ କରିବାକୁ ବ୍ୟଗ୍ର ହୋଇଉଠୁଛନ୍ତି । ଏଠି ମନେପଡେ ଏକ ଉକ୍ତି – "ଚନ୍ଦ୍ରର ପଛ ଭାଗ ଭଳି ପ୍ରତି ମଣିଷର ଏକ ଅନ୍ଧାରିଆ ଦିଗ ଅଛି, ଯାହା ସେ ନିଜେ ଦେଖିବାକୁ ଚାହେଁନି"। ତାହା ହିଁ ସତ ।ଏବେ ପୁଣି ଭିନ୍ନ ଏକ ଅନୁକରଣ ପ୍ରକ୍ରିୟା ଆରମ୍ଭ ହୋଇଛି । ତାହା ହେଉଛି ରୁମାଲ ବନ୍ଧା ସଂସ୍କୃତି । ଦୁଇ ଚକିଆ ଯାନରେ ଗଲାବେଳେ ଝିଅମାନେ ମୁହଁରେ ଆଖି ତଳକୁ ରୁମାଲ ବାନ୍ଧି ଯିବାର ଦେଖିବାକୁ ମିଳୁଛି । କେବଳ ସହର ମାନଙ୍କରେ ନୁହେଁ ଗ୍ରାମା ଳରେ ମଧ୍ୟ ଏ ସବୁ ଦୃଶ୍ୟ ଦେଖିବାକୁ ମିଳୁଛି । ଧୂଳି ସଂକ୍ରମଣ ପାଇଁ ହେଉ ବା ଅନ୍ୟମାନଙ୍କ କୁନଜରରୁ ରକ୍ଷା ପାଇବା ପାଇଁ ହେଉ ବା ନିଜର ଆତ୍ମୀୟ ସ୍ୱଜନ ମାନଙ୍କର ଦୃଷ୍ଟିକୁ ଏଡାଇବା ପାଇଁ ହେଉ ଏଭଳି ଘଟଣା ବଢି ବଢି ଚାଲିଛି । ସତେ ଯେମିତି ଏହା ଏକ ଫେସନରେ ପରିଣତ ହୋଇଗଲାଣି । ଅବସ୍ଥା ଏପରି ହୋଇଛି ଯେ, ବାପା ଆଗରେ ଝିଅ ଚାଲିଗଲେ ମଧ୍ୟ ବାପା ଝିଅକୁ ଜାଣି ପାରୁନାହିଁ । ଆଧୁନିକତାର ଦ୍ୱାହି ଦେଇ ଆମେ ଆଗକୁ ଚାଲୁଥିବା ବେଳେ ସଂଖ୍ୟାଲଘୁ ସଂପ୍ରଦାୟର ପରଦା ପ୍ରଥା ଭଳି ସାଂପ୍ରତିକ ସମୟରେ ଏପରି ଆଭିମୁଖ୍ୟ କେତେଦୁର ଗ୍ରହଣୀୟ ସେକଥା ଚିନ୍ତା କରିବାର ଅଛି । ଅବଶ୍ୟ ମହାମାରୀ କରୋନା ସମୟରେ ଆମେ ସମସ୍ତେ କରୋନା ସଂକ୍ରମଣରୁ ରକ୍ଷା ପାଇବା ପାଇଁ ପ୍ରାୟ ଦୁଇ ବର୍ଷ ଧରି ମୁହଁରେ ମାସ୍କ ବା ତୁଣ୍ଡି ପରିଧାନ କରିଥିଲେ । ଏହା ଥିଲା ସମୟର ଆବଶ୍ୟକତା । ଏବେବି କେହି କେହି ମୁହଁରେ ମଧ୍ୟ ମାସ୍କ ଲଗାଉଛନ୍ତି । କେହି କେହି ଏହାକୁ ତୁଣ୍ଡି ବନ୍ଧା ସଂସ୍କୃତି ବୋଲି କହିଲେ । ମାଳିକା ବଚନର ଉଦାହରଣ ବି ଦେଲେ ।

ପୂଜ୍ୟପୂଜା ଆଉନାହିଁ । ଅପୂଜ୍ୟକୁ ପୂଜା କରିବା 'ବିଧି'ରେ ପରିଣତ ହୋଇଛି । ଅନେକ ପୂଜ୍ୟ ବରପୁତ୍ର ଆଜି ଅବହେଳିତ । କେଉଁଠି ସେମାନେ ଭଗ୍ନ ଓ ଜରାଜୀର୍ଣ୍ଣ ଅବସ୍ଥାରେ ରହିଛନ୍ତି ତ ଆଉକେଉଁଠି ସେମାନଙ୍କର ପ୍ରତିମୂ ର୍ ଭଙ୍ଗାଯାଉଛି । ସେହି ବରପୁତ୍ର ମାନେ ସିନା ଆଜି ନାହାଁନ୍ତି.ହେଲେ ପ୍ରତିମୂ ର୍ ଗୁଡିକୁ ସୁରକ୍ଷା ଦେବା ସହ ସେମାନଙ୍କ ସ୍ମୃତିକୁ ସାଉଁଟି ରଖିବାର ସମୟ ଆସିଛି । କେବଳ ଜୟନ୍ତୀ ଓ ଶ୍ରାଦ୍ଧପାଳନରେ ସୀମିତ ରହିଛନ୍ତି ଅନେକ ଯୋଗଜନ୍ମା ବରପୁତ୍ର । ବାସ୍ତବରେ ଏଥିପ୍ରତି କାହାରି ନିଘା ନାହିଁ । ସେହିପରି ଉପାଧିକୁ ନେଇ ଅନେକ ବିତର୍କ ମୁଣ୍ଡ ଟେକିବାରେ ଲାଗିଛି । ରାଜ୍ୟ ସ୍ତରରେ ସାହିତ୍ୟ ଏକାଡେମୀ ଠାରୁ ଆରମ୍ଭ କରି ଜାତୀୟ ସ୍ତରରେ ପଦ୍ମଶ୍ରୀ,ପଦ୍ମଭୂଷଣ,ଜ୍ଞାନପୀଠ ଏପରିକି ସର୍ବୋଚ୍ଚ ଉପାଧି ଭାରତ ରତ୍ନ ପର୍ଯ୍ୟନ୍ତ ସବୁଠି ଏକା କଥା । ଏପରିକି କେତେକ କ୍ଷେତ୍ରରେ ଏହାକୁ ନେଇ ଘଟଣା କୋର୍ଟ ପରିସରକୁ ଯାଉଛି । ଫଳରେ ଉପାଧିର ଗୁରୁତ୍ୱ ହ୍ରାସ ପାଇବାରେ ଲାଗିଛି ।

ସେଦିନ ମାଣିକ ଗଉଡୁଣୀ କଳାଧଳା ଘୋଡାରେ ଯାଉଥିବା ଦୁଇଜଣ ଦିବ୍ୟ ପୁରୁଷଙ୍କୁ ଦହି ପୋଷେ ପୋଷେ ଦେଇ ସେମାନଙ୍କ ତୃଷ୍ଣା ମେ ।ଇଥିଲା । କାରଣ ସେଥିରେ ଥିଲା ଆମ ସଂସ୍କୃତିରେ ସ୍ନେହ ଓ ଆତିଥ୍ୟର ଉଦାରଭାବ, 'ଅତିଥି ଦେବୋଭବ'ର ପରମ୍ପରା । ଏକଥା ସିନା ମାଣିକ ଗଉଡୁଣୀ ବୁଝିଥିଲା, କିନ୍ତୁ ନିଜର ପଦପଦବୀ ଓ ସ୍ୱୀକୃତିକୁ ନେଇ ଡିଣ୍ଡିମ ପିଟୁଥିବା ଏବର ବିଜ୍ଞ ମଣିଷମାନେ ଏକଥା ବୁଝୁନାହାଁନ୍ତି । ଏହାହିଁ ବିଡମ୍ବନା !

ତିର୍ ଲ, ଜଗତସିଂହପୁର
ମୋ-୯୩୩୭୨୨୧୯୨୪

# ବାଂଶପାଣି ରେଳସାଇଡିଂରେ ୨ ଗୋଷ୍ଠୀ ସଂଘର୍ଷ ଘଟଣାରେ ମାଷ୍ଟର ମାଇଣ୍ଡ ଫେରାର

## ଡାମେଜ କଣ୍ଟ୍ରୋଲ ପାଇଁ କଲେଜ ର ଭଣଜାକୁ ଗିରଫ କଲା ପୋଲିସ

ଯୋଡ଼ା(ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ଥାନା ଅନ୍ତର୍ଗତ ବାଂଶପାଣି ରେଳ ସାଇଡିଂ ଠାରେ ଗତ ସେପ୍ଟେମ୍ବର ମାସ ୧୨ ତାରିଖ ଦିନ ଲୁହା ପଥର ପରିବହନକୁ ନେଇ ଘଟିଯାଇଥିବା ଗୋଷ୍ଠୀ ସଂଘର୍ଷ ଘଟଣାରେ ଅଭିଯୁକ୍ତଙ୍କୁ ଆମିର ହୁସେନକୁ (୩୦) ଯୋଡା ଥାନା ପୋଲିସ ସୋମବାର ମଧ୍ୟ ରାତ୍ରିରେ ଗିରଫ କରି କେଶ ନଂ ୧୩୦/୨୦୨୦ ଦଫା ୧୪୭/୧୪୮/୪୫୨/୩୨୩/୩୨୫/୪୩୬/୪୨୭/୩୦୭/୫୦୬/୧୪୭ ଆଇପିସି ଧାରରେ ମାମଲା ରଜୁ କରି ମଙ୍ଗଳବାର କୋର୍ଟ ଚାଲାଣ କରିଥିବା ଖବର ହସ୍ତଗତ ହୋଇଛି । ସ୍ଥାନୀୟ ଅଧିବାସୀଙ୍କ ଠାରୁ ପ୍ରକାଶ ଯେ ଆମିର ହୁସେନର ମାମୁଁ ଏମଡି ଫିରୋଜ ଅହମ୍ମଦ ଓରଫ କଲେଜ ସିଧାସଳଖ ଭାବେ ଏହି ଘଟଣାରେ ଗଣ୍ଡଗୋଳ ଏବଂ ଆକ୍ରମଣ ଘଟଣାରେ ସମ୍ପୃକ୍ତ ଥିଲେ ମଧ୍ୟ ଯୋଡା ଥାନା ପୋଲିସ କଲେଜଙ୍କ ଉପରେ ଅହେତୁକ ଅନୁକମ୍ପା ଦେଖାଉଥିବା ମନେ ହୁଏ । ଏକଦା ତ କାଳୀନ ବଡବିଲ ଏସଡିପିଓ ରାଜେଶ ପଣ୍ଡିତଙ୍କର ଅତ୍ୟନ୍ତ ଅନୁମତ ଭାବେ ପ୍ରଚାର କରି ନିଜ ଇଛା ମୁତାବକ ବିଭିନ୍ନ ଖଣି ସଂସ୍ଥାରୁ କାର୍ଯ୍ୟ ନେବା ଏବଂ ସ୍ଥାନୀୟ ଅ ଳର ଜନସାଧାରଣ ନାମରେ ପୋଲିସକୁ ମିଥ୍ୟା ତଥ୍ୟ ଯୋଗାଇ ପୋଲିସର ଇନ୍‌ଫର୍ମ ସାଜି କଲେଜ କୋଟି କୋଟି ଟଙ୍କା ମୁନଫା କରିଥିବା ସାଧାରଣରେ ଚର୍ଚ୍ଚା ହୁଏ । ପିଲେଟ ଚୋରି ଠାରୁ ଆରମ୍ଭ କରି ବାଂଶପାଣି ୟୁନାଇଟେଡ୍ କ୍ରସର ଘଟଣାରେ ଗିରଫ କରାଇବା ସହିତ ମୁକେଶ ସିଂଙ୍ଘାନିଆ ଙ୍କୁ ଗିରଫ ଘଟଣାକୁ ଅନୁଧ୍ୟାନ କଲେ ଜଣାଯାଏ ଯେ କଲେଜ ନିଜ ସ୍ୱାର୍ଥ ସାଧାରଣ ନିମନ୍ତେ ପୋଲିସକୁ ହାତ ବାରିସ କରି ବ୍ୟବହାର କରୁଥିଲା । ପୋଲିସର ଧମକ ଚମକ ଦେଇ କାମ ହାତଇବା ସହିତ ଯେ କେହିବି ତାଙ୍କ ସ୍ୱାର୍ଥରେ ବାଧା ସୃଷ୍ଟି କରୁଥିଲେ ତାଙ୍କୁ ଜେଣେ ତେଣେ ପ୍ରକାରଣେ ପୋଲିସ ସହାୟତା ନେଇ ଗିରଫ କରାଇ ଯୋଡା ଅ ଳରେ ଭୟର ବା ।ବରଣ ସୃଷ୍ଟି କରୁଥିଲେ । ଘଟଣା ଦିନ ବାଂଶପାଣି ସାଇଡିଂରେ ବିବାଦର ସୂତ୍ରପାତ୍ତ ଏବଂ ଆକ୍ରମଣର ମାଷ୍ଟର ମାଇଣ୍ଡ କଲେଜ ଥିବା ନେଇ ଫିରୋଜ ମହମ୍ମଦ ଓରଫ କଲେଜ ଥିବା ନେଇ ଯଥେଷ୍ଟ ପ୍ରମାଣ ମିଳୁଥିଲେ ମଧ୍ୟ ଯୋଡା ଥାନା ପୋଲିସ ଏଜାବତ କଲେଜକୁ କାହିଁକି ଗିରଫ କରିନାହିଁ ତାକୁ ନେଇ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହେଉଛି । କଲେଜ ର ଭଣଜା କୁ ଗିରଫ କରିଥିବା ବେଳେ ମାଷ୍ଟର ମାଇଣ୍ଡ କଲେଜ ଫେରାର ଥିବା ପୋଲିସର ସ୍ୱଚ୍ଛତା ଉପରେ ଆଙ୍ଗୁଳି ନିର୍ଦ୍ଦେଶ କରୁଛି । କଲେଜ ଭଳି ଜଣେ ସାଧାରଣ ଲୋକ ଏତେ ଶିଘ୍ର ପୋଲିସର ଆସ୍ଥାଭାଜନ କିପରି ହୋଇପାରିଲା ଏବଂ ଏଜାବତ ତାର କାର୍ଯ୍ୟକଳାପ ପୋଲିସ ରାଡାରକୁ ନଆସିବା ଘଟଣା ସମସ୍ତଙ୍କୁ ଚକିତ କରିଛି । କଲେଜ ଉପରେ ବାରମ୍ବାର ଆଙ୍ଗୁଳି ନିର୍ଦ୍ଦେଶ ହେଉଥିଲେ ମଧ୍ୟ ପୋଲିସ କେଉଁ ସ୍ୱାର୍ଥକୁ ଆଖି ଆଗରେ ରଖି ତାକୁ ଗିରଫ କରୁନଥିବା ବେଳେ ତାଙ୍କ ଭଣଜା ଆମରି ହୁସେନ ପୂର୍ବରୁ ବାଂଶପାଣି ରେଳ ସାଇଡିଂରେ ଆଇରନ ପିଲେଟ ଚୋରି ଘଟଣାରେ ଜେଲ ଯାଇଥିବା ଜଣାପଡିଛି । ଏହି ଘଟଣାରେ କେନ୍ଦୁଝର ଜିଲ୍ଲା ଏସପି ହସ୍ତକ୍ଷେପ କରିବାକୁ ସାଧାରଣରେ ଦାବି ହେଉଛି ।




# ବିଜୁଳି ଓ ରାସ୍ତାରୁ ବଂଚିତ ଚନ୍ଦନପୁର ଜେନାସାହି ଗ୍ରାମବାସୀ

## ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣା ଦେବାକୁ ଚେତାବନୀ

କେନ୍ଦ୍ରାପଡା, (ପିଏନ)- ସ୍ୱାଧିନତାର ୭୪ ବର୍ଷ ପରେ ମଧ୍ୟ ଗ୍ରାମବାସୀ ମାନେ ଗାଁକୁ ଯିବାକୁ ରାସ୍ତା ପାଉ ନଥିବା ବେଳେ ଗ୍ରାମ୍ୟ ବିଦ୍ୟୁତକରଣ ଯୋଜନା ସାତ ସପନ ହୋଇ ରହିଛି । ରାସ୍ତା ନଥିବାରୁ ବର୍ଷ ସାରା ପାଣି କାଦୁଅରେ ପଶି ବିଲ ଭିତରେ ନିଜ ଘରକୁ ଯାଉଥିବା ଭଳି ଏକ ବାସ୍ତବ ଚିତ୍ର କେନ୍ଦ୍ରାପଡା ବ୍ଲକ ଅଧିନ କଂସାର ପଂଚାୟତର ଚନ୍ଦନପୁର ଗ୍ରାମର ଜେନାସାହିରେ ଦେଖିବାକୁ ମିଳୁଛି । ଚନ୍ଦନପୁର ଗ୍ରାମର ପଡା ଗ୍ରାମରେ ରହୁଥିବା ପ୍ରାୟ ୨୦ଟି ପରିବାର ରାସ୍ତା ଓ ଆଲୋକ ପାଇଁ ଅଭିଶପ୍ତ ଜୀବନ ବିତାଉଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । କେନ୍ଦ୍ରାପଡା ଟାଉନରୁ ମାତ୍ର ୭ କିମି ଦୂରରେ ଅବସ୍ଥିତ ଏହି ଗ୍ରାମର ଅବସ୍ଥା ଆଖିରେ ନଦେଖିଲେ ବିଶ୍ୱାସ କରିହେବ ନାହିଁ । ନିର୍ବାଚନ ସମୟରେ ଭୋଟ୍ ପାଇଁ ପ୍ରଚାର କରିବାକୁ ଆସୁଥିବା ନେତା ମାନେ ରାସ୍ତା ଏବଂ ଆଲୁଅ ଯୋଗାଇ ଦେବା ପାଇଁ ପ୍ରତିଥର ଗ୍ରାମବାସୀଙ୍କୁ ପ୍ରତିଶୃତି ଦେଉଥିଲେ ମଧ୍ୟ ଏପର୍ଯ୍ୟନ୍ତ ତାହା ପାଣିର ଗାର ହୋଇ ରହିଛି । ସ୍ଥାନୀୟ ସରପଂଚ ପ୍ରଦ୍ୟୁମ୍ନ ଜେନା ଏହି ସମସ୍ୟାର ସମାଧାନ ପାଇଁ ବାରମ୍ବାର ଉଦ୍ୟମ କରିଥିଲେ ମଧ୍ୟ ବ୍ଲକ ପ୍ରଶାସନ, ଜିଲ୍ଲା ପ୍ରଶାସନ ଓ ବିଦ୍ୟୁତ୍ ବିଭାଗର ଅସହଯୋଗ କାରଣରୁ ସ୍ଥାନୀୟ ବାସିନ୍ଦା ଦହଗଞ୍ଜ ଭୋଗୁଥିବା ଜଣାପଡିଛି । ଏହି ଗ୍ରାମରେ ରହୁଥିବା ପ୍ରାୟ ୨୦ ଘର ଦଳିତ ସଂପ୍ରଦାୟର ପରିବାର ନିଜର ମୌଳିକ ସୁବିଧା ପାଇବା ପାଇଁ ଆପତି ଅଭିଯୋଗ କଲେ ମଧ୍ୟ କେହି ଶୁଣିବାକୁ ନାହାନ୍ତି । ନିର୍ବାଚିତ ପ୍ରତିନିଧି ମାନେ ଭୋଟ୍ ପାଇବା ପରେ ଦ୍ୱିତୀୟ ଥର ପାଇଁ ଗାଁ ଭିତରେ ପାଦ ପକାଉ ନଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । ଏହି ଗ୍ରାମବାସୀ ମାନଙ୍କୁ ଯାତାୟତ ପାଇଁ ରାସ୍ତା, ଆଲୋକ ଓ ପାନୀୟ ଜଳ ଯଥା ଶିଘ୍ର ପ୍ରଶାସନ ପକ୍ଷରୁ ଯୋଗାଇ ଦିଆ ନଗଲେ ଏହି ଦଳିତ ସଂପ୍ରଦାୟର ବ୍ୟକ୍ତିମାନେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣାରେ ବସିବେ ବୋଲି ଚେତାବନୀ ଦେଇଛନ୍ତି ।

୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

Bhubaneswar Saturday November 02 | ଭୁବନେଶ୍ୱର ଶନିବାର, ନଭେମ୍ବର ୦୨,୨୦୨୪ | Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 | www.paryabekhyak.com



## ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଅନୁଷ୍ଠିତ



ବାଲିଅନ୍ତା,(ପି.ଏନ):ବାଲିଅନ୍ତା-ଧଉଳି-ପାହାଳ ଅଞ୍ଚଳର କାର୍ଯ୍ୟରତ ସାମ୍ବାଦିକଙ୍କ ପକ୍ଷରୁ ଏକ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ବାଲିଅନ୍ତା ସ୍ଥିତ ନିକୁଞ୍ଜବିହାରୀ କଲ୍ୟାଣମଣ୍ଡପରେ ଅନୁଷ୍ଠିତ ହୋଇଯାଇଛି । ଏଥିରେ ମୁଖ୍ୟଅତିଥି ଭାବେ ଜୟଦେବ ବିଧାୟକ ନବକିଶୋର ମଲ୍ଲିକ ଓ ଉତ୍ତର ବିଧାୟକ ସୁଶାନ୍ତ ରାଉତ ଯୋଗଦେଇଥିବା ବେଳେ ସମ୍ମାନିତ ଅତିଥିଭାବେ ଏମଏସଏମଇର ଉପାଧକ୍ଷ୍ୟ ସତ୍ୟପ୍ରିୟ ବେହେରା, ସ୍ଥାନୀୟ ସରପଞ୍ଚ କୃଷ୍ଣକେଶବ ଆପଟ, ଉତ୍କଳ ସାମ୍ବାଦିକ ସଂଘର ରାଜ୍ୟ ସଭାପତି ବିଭୁତିଭୂଷଣ କର, ବରିଷ୍ଠ ସାମ୍ବାଦିକ ବଙ୍କିମ ଚନ୍ଦ୍ର ନାୟକ, ମାର୍କଫେଡ଼ର ଅଧକ୍ଷ୍ୟ କବିତା ମଞ୍ଜରୀ ପରିଡା, ୧୬ ନମ୍ବର ଜୋନ ଜିଲ୍ଲା ପରିଷଦ ସଭ୍ୟ ମହେଶ୍ୱର ଦାସ, ବାଲିଅନ୍ତା ବ୍ଲକ ବିଜେଡି ସଭାପତି ପ୍ରଦୀପ୍ତ ଜେନାମଣି, ବାଲିପାଟଣା କିଶୋର ଜେନା, ସାଂସଦଙ୍କ ବାଲିଅନ୍ତା ବ୍ଲକ ପ୍ରତିନିଧି ପ୍ରଦୀପ୍ତ କୁମାର ମହାନ୍ତି, ଶିକ୍ଷାବିତ ଲକ୍ଷ୍ମୀଧର ପ୍ରଧାନ, ବିଧୁଭୂଷଣ ପଟ୍ଟନାୟକ, ନାରାୟଣ ବେହେରା, ଥାନା ଅଧିକାରୀ ରବିନ୍ଦ୍ରନାଥ ମେହେର, ସମାଜସେବୀ ବେଣୁଧର ଭୋଇ, ବଂଶୀଧର ଭୋଲ, ଯୁବସମାଜ ସେବୀ ରଞ୍ଜନ କୁମାର ମହାପାତ୍ର, ପ୍ରକୃତିବନ୍ଧୁ ଦିନବନ୍ଧୁ ଭୋଇ ପ୍ରମୁଖ ଯୋଗଦେଇଥିଲେ । ଏଥିରେ ମୋଟ ୩୫ ଜଣ ରକ୍ତଦାତା ସ୍ୱେଚ୍ଛାକୃତ ଭାବେ ରକ୍ତ ଦେଇଥିବା ବେଳେ ଏହାକୁ ରାଜଧାନୀ ଚିକିତ୍ସାଳୟର ବ୍ଲଡ଼ବ୍ୟାଙ୍କ ସଂଗ୍ରହ କରିଥିଲେ । ଏଥିରେ ବାଲିଅନ୍ତା-ଧଉଳି-ପାହାଳ ଅଞ୍ଚଳର କାର୍ଯ୍ୟରତ ସମସ୍ତ ସାମ୍ବାଦିକ ପରିଚାଳନା କରିଥିବା ବେଳେ ଅତିଥି ମାନଙ୍କ ଦ୍ୱାରା ପ୍ରତି ରକ୍ତଦାତାଙ୍କୁ ପ୍ରମାଣପତ୍ର ସହ ଗୋଲାପ ଫୁଲ ପ୍ରଦାନ କରାଯାଇଥିଲା ।

## ହାତୀ ଆକ୍ରମଣ ରେ ମୃତ୍ୟୁ ବରଣ କରିଥିବା ପରିବାର କୁ ଭେଟିଲେ ଢେଙ୍କାନାଳ ସାଂସଦ

ଅନୁଗୁଳ :(ପି.ଏନ):କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଙ୍କ ପରାମର୍ଶ କ୍ରମେ ଦୁର୍ଗମ ଅଂଚଳ ରେ ଦୁର୍ବିପାକ ମଧ୍ୟରେ ବସବାସ କରୁଥିବା ହାତୀ ଆକ୍ରମଣ ରେ ମୃତ୍ୟୁ ବରଣ କରିଥିବା ପରିବାର ବର୍ଗ ଙ୍କୁ ଦୀପାବଳି ଦିନ ଭେଟି ସମବେଦନା ଜଣାଇଛନ୍ତି ଢେଙ୍କାନାଳ ସାଂସଦ ରୁଦ୍ର ନାରାୟଣ ପାଣି ।କେନ୍ଦ୍ରମନ୍ତ୍ରୀ ଶ୍ରୀ ପ୍ରଧାନ ଙ୍କ ପ୍ରତିନିଧି ଭାବେ ଢେଙ୍କାନାଳ ସାଂସଦ ଶ୍ରୀ ପାଣି ଅନୁଗୁଳ ଜିଲ୍ଲା ଅନୁଗୁଳ ବ୍ଲକ ଆଠମଲ୍ଲିକ ବିଧାନସଭା କ୍ଷେତ୍ରର ପୁରୁଣାକୋଟ ପଂଚାୟତ ର ଛୋଟକେଇ ଗ୍ରାମରେ ପାଞ୍ଚ ଦିନ ପୂର୍ବେ ହାତୀ ଆକ୍ରମଣ ରେ ମୃତ୍ୟୁବରଣ କରିଥିବା ସତ୍ୟ ଧଳ (୫୫)ଙ୍କର ପରିବାର ବର୍ଗ ଙ୍କୁ ପ୍ରଶାସନିକ ବିଭାଗୀୟ ଅଧିକାରୀ ଓ ବିଜେପି ନେତୃତ୍ୱ ଙ୍କ ସହ ମିଶି ତାଙ୍କ ବାସ ଭବନ ରେ ପହଂଚି ସମବେଦନା ଜଣାଇଛନ୍ତି ।ଧାନ କ୍ଷେତ ଜଗିବା ପାଇଁ ଗଛ ଉପରେ ମଞ୍ଚ ରେ ଥିବା ବେଳେ ହାତୀ ମଞ୍ଚରୁ ଆଣି ସତ୍ୟ ଧଳ ଙ୍କୁ ଦଳି ମାରି ଦେଇଥିଲା ।ସାଂସଦ ଙ୍କ ସହ ଜିଲ୍ଲା ବିଜେପି ସଭାପତି ଦିଲେଶ୍ୱର ପ୍ରଧାନ ସାତକୋଶିଆ ଡ଼ିଏଫଓ ସରୋଜ ପଣ୍ଡା, ପୁରୁଣା କୋଟ ଓ ପମ୍ପାସର ରେର ତଥା ବନବିଭାଗ ର ସମସ୍ତ ଅଧିକାରୀ ମୃତବ୍ୟକ୍ତି ଙ୍କ ଘରେ ପହଂଚି ଥିଲେ ।ଢେଙ୍କାନାଳ ସାଂସଦ ଶ୍ରୀ ପାଣି ତାଙ୍କ ପରିବାର ଙ୍କୁ ବ୍ୟକ୍ତିଗତ ଭାବେ ଆର୍ଥିକ ସାହାର୍ଯ୍ୟ ସହ ବିଜେପି ପକ୍ଷରୁ ଲୁଗା ପଟା ଓ ରାସନ ସାମଗ୍ରୀ ପ୍ରଦାନ କରିଥିଲେ ।ସରକାର ଙ୍କ ତରଫରୁ ୬୦୦୦୦ ଟଙ୍କା ଦିଆଯାଇଥିବା ବେଳେ ୫୪୦୦୦୦ ଟଙ୍କା ଖୁବଶୀଘ୍ର ପ୍ରଦାନ କରାଯିବ ବୋଲି ବନବିଭାଗ ପକ୍ଷରୁ ଘୋଷଣା ପତ୍ର ସାଂସଦ ତାଙ୍କର ପୁତ୍ର ଶରତ ଧଳ ଙ୍କୁ ପ୍ରଦାନ କରିଥିଲେ ।ମୃତ ବ୍ୟକ୍ତି ଙ୍କ ବିଧବା ପତ୍ନୀ ଙ୍କୁ ନିକଟସ୍ଥ ଇକୋ ଟୁରିଜିମ ସେଣ୍ଟର ରେ ଅନୁକମ୍ପା ମୂଳକ ନିଯୁକ୍ତି ଦିଆଯିବ ବୋଲି ଡ଼ିଏଫଓ ଶ୍ରୀ ପଣ୍ଡା କହିଥିଲେ ।ବିଜେପି ସାତକୋଶିଆ ମଣ୍ଡଳ ସଭାପତି ଅନନ୍ତ ବାସୁଦେବ ମହାନ୍ତି, ବିଶ୍ୱଜିତ ମିଶ୍ର, କେନ୍ଦ୍ରମନ୍ତ୍ରୀ ଙ୍କ ଅନୁଗୁଳ ବ୍ଲକ ପ୍ରତିନିଧି ଆଡ଼ଭୋକେଟ ପ୍ରଦୀପ ପ୍ରଧାନ, ଝୁନୁବାଲା ପ୍ରଧାନ, ପ୍ରଭାତ ମିଶ୍ର, ସତ୍ୟଖିଲାର, ବନମାଳୀଧଳ,ଦ ୀପକଦାସ, ବିରେନଦାସ, ଅରବିନ୍ଦଦାସ, ଲିଟନସାହୁ, ବିକ୍ରମବେହେରା ଙ୍କ ସମେତ ଶତାଧିକ ବିଜେପି କାର୍ଯ୍ୟକର୍ତା ଓ ବନବିଭାଗ ର ଅଧିକାରୀ ଉପସ୍ଥିତ ଥିଲେ ।

## ଗୋଲାମୁଣ୍ଡାଠାରେ ୭୫ତମ କଳାହାଣ୍ଡି ଜିଲ୍ଲା ଗଠନ ଦିବସ ପାଳିତ



ଗୋଲାମୁଣ୍ଡା,୧।୧୧(ପି.ଏନ): ଗୋଲାମୁଣ୍ଡା ବ୍ଲକ ସଭାଗୃହରେ ୭୫ତମ କଳାହାଣ୍ଡି ଜିଲ୍ଲା ଗଠନ ଦିବସ ପାଳିତ ହୋଇଯାଇଛି । ଉକ୍ତ ସମାରୋହରେ ବ୍ଲକ ଅଧକ୍ଷ ଶ୍ରୀ ବିନ୍ଦୁ ମହାନନ୍ଦ ମୁଖ୍ୟ ଅତିଥିଭାବେ ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥିଭାବେ ବିଡ଼ିଓ ଶ୍ରୀଧର ପଣ୍ଡା, ପୂର୍ବତନ ଜିଲ୍ଲା ପରିଷଦ ସଦସ୍ୟ ବୃଷଭ ନାଏକ,ଦଶପୁର ସମିତି ସଭ୍ୟ ଦୁର୍ଗେ ସାହୁ, ମହାଲିଙ୍ଗ ସମିତି କିରଣ ସିଂ, ସମାଜ ସେବୀ ଶ୍ୟାମ ସୁନ୍ଦର ଅଗ୍ରୱାଲ ଯୋଗଦେଇ ଥିଲେ । ଏହି କାର୍ଯ୍ୟକ୍ରମ ଆରମ୍ଭ ପୂର୍ବରୁ କଳାହାଣ୍ଡି ଇଷ୍ଟଦେବୀ ମାଁ ମାଣିକେଶ୍ୱରୀ ଦେବୀଙ୍କ ଫଟୋ ମୂର୍ତ୍ତିକୁ ପୂଜାକରି ଶେଷରେ କଳାହାଣ୍ଡି ଗଠନ ଦିବସ ଉପରେ ମୁଖ୍ୟଅତିଥି ଓ ସମ୍ମାନିତ ଅତିଥିମାନେ କଳାହାଣ୍ଡିର ଗଠନ କିପରି ହେଲା କଳାହାଣ୍ଡି ବୋଲି ନାମ କରଣ ଦିଆଗଲା ଏ ନେଇ ଏକ ସଂକ୍ଷିପ୍ତ ସମ୍ୟକ ଭାଷଣ ରଖିଥିଲେ । କଳାହାଣ୍ଡି ଗଠନ ଉପରେ କଳାହାଣ୍ଡି ମହାରାଜ ପ୍ରତାପ କେଶରୀ ଦେଓଙ୍କ ମୁଖ୍ୟ ଭୂମିକା ଥିଲା । ସେ କଟକ ଐତିହାସିକ ଲାଲବାଗ କୋଠିରେ ଏକ ମିଶ୍ରଣ ଚୁକ୍ତିରେ ଯୋଗ ଦେଇ କଳାହାଣ୍ଡି ଜିଲ୍ଲା ମାନ୍ୟତା ପାଇଁ ସ୍ୱାକ୍ଷର କରିଥିଲେ। ଏହାର ଠିକ ଏକବର୍ଷ ଦଶମାସ ପରେ ୧୯୪୯ ମସିହା ନଭେମ୍ବର ପହିଲାରେ ଏକ ସ୍ୱତନ୍ତ୍ର ଜିଲ୍ଲାର ପରିଚୟ ଲାଭ କରିଥିଲା। କଳାହାଣ୍ଡିରେ ଅନେକ କଳା ସଂସ୍କୃତି ଭରପୁର ଥିବାରୁ ଏହି ଜିଲ୍ଲାକୁ କଳାହାଣ୍ଡି ବୋଲି ନାମ କରଣ କରାଯାଇଥିଲା। ସେହିପରି ପରବର୍ତ୍ତୀ ସମୟରେ କାଶୀପୁର ମଧ୍ୟ କଳାହାଣ୍ଡିରୁ ପୃଥକ ହୋଇ କୋରାପୁଟରେ ମିଶିଥିବା ବେଳେ ୧୯୯୩ ମସିହାରେ ଓଡିଶାରେ ଶାସିତ ସରକାରଙ୍କ ଅନୁମୋଦନକ୍ରମେ ନୂଆପଡା ଜିଲ୍ଲା ପୁନର୍ଗଠନ ମାନ୍ୟତା ପାଇଥିଲା। ବର୍ତ୍ତମାନ ଧର୍ମଗଡ଼ ଓ ଭବାନୀପାଟଣା ସବଡ଼ିଭିଜନକୁ କଳାହାଣ୍ଡି ଜିଲ୍ଲା ବଳବତ୍ତର ରହିଛି । ଉକ୍ତ କାର୍ଯ୍ୟକ୍ରମରେ ଗୋଲାମୁଣ୍ଡା ବ୍ଲକ ସମସ୍ତ ପଞ୍ଚାୟତର ସରପଞ୍ଚ, ସମିତି, ଏମ ବି କେ, ସିଆରପି ସହ ଅନେକ ମହିଳା ଯୋଗ ଦେଇଥିଲେ ।

## ସଲେପାଲି ଗାଁ ରେ ଓଡିଶା ପ୍ରଶାସନିକ ସେବା ପରୀକ୍ଷାରେ ଉତ୍ତୀର୍ଣ୍ଣ ହରିଓମ୍ ଶମ୍ଭୁ ନାରାୟଣ ଦାଶ ଙ୍କୁ ଭବ୍ୟ ସ୍ୱାଗତ



ଖପ୍ରାଖୋଲ ,(ପିଏନ) : ବଲାଙ୍ଗିର ଜିଲ୍ଲା ଖପ୍ରାଖୋଲ ବ୍ଲକ ମାଟିଆଭଟା ପଞ୍ଚାୟତ ସାଲେପାଲି ଗାଁ ରେ ଓଡିଶା ପ୍ରଶାସନିକ ସେବା ପରୀକ୍ଷାରେ ରେ ୯୩ ତମ ରେଙ୍କ ରେ ଉତ୍ତୀର୍ଣ୍ଣ ହୋଇଥିବା ହରିଓଁ ଶମ୍ଭୁ ନାରାୟଣ ଦାଶ ଙ୍କୁ ଭବ୍ୟ ସ୍ୱାଗତ ଜଣାଇଥିଲେ। ନିଜ ଗାଁ ର ପୁଅ ଓଡିଶା ପ୍ରଶାସନିକ ସେବା ପରୀକ୍ଷାରେ ଉତ୍ତୀର୍ଣ୍ଣ ହୋଇ ନାମ ରଖିଥିବାରୁ ଗ୍ରାମ ବାସୀ ଫୁଲ ହାର, ପୁଷ୍ପ ଗୁଚ୍ଛ ଦେଇ ଗାଁ ମୁଣ୍ଡରୁ ପ୍ରତୀକ୍ଷାରେ ପାଣି ଢ଼ାଳି ସ୍ୱାଗତ କରିଥିଲେ। ଏହି ଅବସରରେ ଗାଁ ର ଶହ ଶହ ମହିଳା ପୁରୁଷ, ଛୋଟ ପିଲା ସାମିଲ୍ ହୋଇଥିଲେ। ସୂଚନା ଯୋଗ୍ୟ ଗାଁ ର ପ୍ରାମୋଦ କୁମାର ଦାଶ ଙ୍କ ପୁଅ ହରିଓମ ଶମ୍ଭୁ ନାରାୟଣ ପ୍ରାଥମିକ ଶିକ୍ଷା ଲାଠୋର ସରସ୍ୱତୀ ଶିଶୁ ମନ୍ଦିରରେ ଅଧ୍ୟୟନ କରିଥିବା ବେଳେ ଷଷ୍ଠ ରୁ+୨ ଯାଏଁ ନବୋଦୟ ବିଦ୍ୟାଳୟ ବେଲପଡ଼ା, ପ୍ରଶାନ୍ତି ସତ୍ୟସାଇ ମହାବିଦ୍ୟାଳୟ ରେ ବିଜ୍ଞାନ ରେ ସ୍ନାତକୋତ୍ତ ଅଧ୍ୟୟନ କରିଥିବା ବେଳେ କିଛିମାସ ତାଳେ ପଞ୍ଚାୟତ ନିର୍ବାହୀ ଅଧିକାରୀ ପଦବୀରେ ଅବସ୍ଥାପିତ ହୋଇଥିଲେ। ନିଜ ଉଦ୍ୟମ ରେ ଘରେ ରହି ପ୍ରସ୍ତୁତି କରି ତୃତୀୟ ଥର ଉଦ୍ୟମ ରେ ୯୩ ତମ ସ୍ଥାନ ରେ ଉତ୍ତୀର୍ଣ୍ଣ ହୋଇଛନ୍ତି। ସ୍ୱାଗତ ବେଳେ ବାପା ପ୍ରମୋଦ ଦାଶ, ବଡବାପା ପ୍ରଦୀପ ଦାଶ, କାକା ଫକୀର ଦାଶ, ମାଟିଆଭାଟା ପଞ୍ଚାୟତ ସରପଞ୍ଚ ସନ୍ତୋଷିନି ବରିହା, ନବ ବାଗ, ଭଜମନ ବାଗ ସମେତ ଅନ୍ୟମାନେ ଉପସ୍ଥିତ ଥିଲେ।

## ଓସିଏସ୍ ପାଇଥିବା କିସ୍ ଛାତ୍ରଛାତ୍ରୀଙ୍କୁ ଉଚ୍ଛ୍ୱସିତ ସମ୍ବର୍ଦ୍ଧନା




ଭୁବନେଶ୍ୱର,(ପି.ଏନ):'ଦିନେ ଛେଳି ଚରାଉଥିଲି। ଆଜି କିସ୍ ପାଇଁ ଯୁକ୍ତ ଦୁଇ, ଯୁକ୍ତ ତିନି, ଏମବିଏ ଭଳି ଉଚ୍ଚଶିକ୍ଷା ଲାଭକରି ଶେଷରେ ଓଡ଼ିଶା ସିଭିଲ ସର୍ଭିସ୍ ପରୀକ୍ଷାରେ କୃତକାର୍ଯ୍ୟ ହୋଇପାରିଛି। ଏଥିପାଇଁ କିସ୍ ଓ ଏହାର ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତଙ୍କ ନିକଟରେ କୃତଜ୍ଞତା ଜଣାଉଛି।' ଏହା ଥିଲା କିସ୍ ଛାତ୍ର ତଥା ନିକଟରେ ଓସିଏସ୍ ପରୀକ୍ଷାରେ କୃତକାର୍ଯ୍ୟ ହୋଇଥିବା ବଲାଙ୍ଗୀର ଜିଲ୍ଲାର ଜଗଜ୍ଜୀବନ ମାଝୀଙ୍କ ପ୍ରତିକ୍ରିୟା। ଏହି ସଫଳତା ପାଇଁ ସେ କିସ୍‌କୁ କୃତଜ୍ଞତା ଜଣାଇଥିଲେ। କେବଳ ଜଗଜ୍ଜୀବନ ନୁହନ୍ତି, ଚଳିତବର୍ଷ ଓସିଏସ୍ ପରୀକ୍ଷାରେ କୃତକାର୍ଯ୍ୟ କିସ୍‌ର ଛାତ୍ରଛାତ୍ରୀଙ୍କ ପାଇଁ ଆୟୋଜିତ ସମ୍ବର୍ଦ୍ଧନା କାର୍ଯ୍ୟକ୍ରମରେ ଯୋଗ ଦେଇଥିବା ୧୨ଜଣ ସଫଳ ଛାତ୍ରଛାତ୍ରୀ କିସ୍ ପ୍ରତି ସେମାନଙ୍କର କୃତଜ୍ଞତା ଜଣାଇଥିଲେ। ଆଜି କାର୍ଯ୍ୟକ୍ରମରେ ଓଡ଼ିଶା ସରକାରଙ୍କ ତଫସିଲଭୁକ୍ତ ଜାତି ଓ ଜନଜାତି, ସଂଖ୍ୟାଲଘୁ ଓ ପଛୁଆବର୍ଗ କଲ୍ୟାଣ, ଓଡ଼ିଶା ଭାଷା, ସାହିତ ଓ ସଂସ୍କୃତି, ସାମାଜିକ ବିଭାଗ, ତଥା ସାମାଜିକ ନ୍ୟାୟ, ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗ ପ୍ରମୁଖ ଶାସନ ସଚିବ ବିଷ୍ଣୁପଦ ସେଠୀ ମୁଖ୍ୟ ଅତିଥି ଭାବେ ଯୋଗଦେଇ କୃତି ଛାତ୍ରଛାତ୍ରୀଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ଏହି ଅବସରରେ ଶ୍ରୀ ସେଠୀ ଛାତ୍ରଛାତ୍ରୀଙ୍କୁ ପ୍ରେରଣାଦାୟୀ ଭାଷଣ ପ୍ରଦାନ କରି କହିଲେ, କଠିନ ଅଧବସାୟ ଓ ଈଶ୍ୱର ତଥା କର୍ମ ଉପରେ ବିଶ୍ୱାସ ରଖିଲେ ସଫଳତା ମିଳିଥାଏ। ବିପଦ ସମୟରେ ବିଚଳିତ ନ ହୋଇ ସେହି ସମୟର ସଦୁପଯୋଗ କରିବା ପାଇଁ ସେ ଛାତ୍ରଛାତ୍ରୀଙ୍କୁ ପରାମର୍ଶ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ଉପସ୍ଥିତ କିସ୍‌ର ୧୨ ହଜାର ଛାତ୍ରଛାତ୍ରୀଙ୍କ ମନୋବଳ ବୃଦ୍ଧି କରିବା ସହ ଶ୍ରୀ ସାମନ୍ତ କହିଲେ, କିସ୍ ଛାତ୍ରଛାତ୍ରୀମାନେ ଯେଭଳି ଭାରତୀୟ ପ୍ରଶାସନିକ ସେବା ପରୀକ୍ଷାରେ କୃତକାର୍ଯ୍ୟ ହୋଇପାରିବେ ସେଥିପାଇଁ କିସ୍‌ରେ ସମସ୍ତ ବନ୍ଦୋବସ୍ତ କରାଯାଇଛି। ଏହା ବ୍ୟତୀତ କିସ୍‌ର ଯେଉଁ ମେଧାବୀ ଛାତ୍ରଛାତ୍ରୀମାନେ ଦିଲ୍ଲୀ ଭଳି ସହରରେ ରହି ନିଜକୁ ଭାରତୀୟ ପ୍ରଶାସନିକ ସେବା ପରୀକ୍ଷା ପାଇଁ ପ୍ରସ୍ତୁତ କରିବା ଲାଗି ଇଚ୍ଛୁକ ଥିବେ ସେମାନଙ୍କୁ ମଧ୍ୟ କିସ୍ ପକ୍ଷରୁ ସମସ୍ତ ସହଯୋଗ ଯୋଗାଇ ଦିଆଯିବ ବୋଲି ଶ୍ରୀ ସାମନ୍ତ ଘୋଷଣା କରିଥିଲେ। ଏହି ଅବସରରେ ବିଷ୍ଣୁପଦ ସେଠୀଙ୍କ ଲିଖିତ ପୁସ୍ତକ 'ଦି କଲେକ୍ଟର୍ସ ମଦର' ଅତିଥିମାନଙ୍କ ଦ୍ୱାରା ଉନ୍ମୋଚିତ ହୋଇଥିଲା। କିସ୍ ଉପଦେଷ୍ଟା ପ୍ରଫେସର ଶଶାଙ୍କ ଚୂଡ଼ାମଣୀ ବିଷ୍ଣୁପଦ ସେଠୀ ଓ ତାଙ୍କ ଲିଖିତ 'ଦି କଲେକ୍ଟର୍ସ ମଦର' ପୁସ୍ତକ ସମ୍ପର୍କରେ ସୂଚନା ଦେଇଥିଲେ। ଏହି କାର୍ଯ୍ୟକ୍ରମରେ କିସ୍‌ର ପ୍ରାକ୍ତନ ମହାନିର୍ଦ୍ଦେଶକ ଡ. କାହ୍ନୁ ଚରଣ ମହାଲି, କିସ୍ ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ଦୀପକ ବେହେରା ଓ କୁଳସଚିବ ଡ. ପ୍ରଶାନ୍ତ କୁମାର ରାଉତରାୟ ପ୍ରମୁଖ ଉପସ୍ଥିତ ଥିଲେ।




Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray